ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯବେକ୍ଷକ

୨୬ ବର୍ଷରେ

Vol.26 . No.126 Bhubaneswar Saturday June 22 2024 | ୨୬ତମ ବର୍ଷ ସଂଖ୍ୟା-୧୨୬ ଭୁବନେଶ୍ୱର, ଶନିବାର, ଜୁନ ୨୨, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

# ମୋଦୀ ସରକାର ହିଁ ପେପର ଲିକ୍ ସରକାର:କଂଗ୍ରେସ





ଭୁବନେଶ୍ୱର, ୨୧।୬(ପି.ଏନ): କେନ୍ଦ୍ରରେ ନରେନ୍ଦ୍ର ମୋଦୀଙ୍କ ସରକାର ଆସିବା ପରେ ବିଭିନ୍ନ ପରୀକ୍ଷାରେ ପ୍ରଶ୍ନପତ୍ର ଲିକ୍ ଓ ଅନିୟମିତତାର ଅନେକ ନଜିର ରହିଛି। ବିଜେପି ଶାସିତ ରାଜ୍ୟ ସରକାର ମାନଙ୍କରେ ସର୍ବାଧିକ ପ୍ରଶ୍ନପତ୍ର ପ୍ରଘଟ ହୋଇଛି। ଏହି ମଡେଲକୁ ମୋଦୀ ସରକାର ଆପଣାଇ ବିଗତ ୭ ବର୍ଷରେ ୭୦ରୁ ଉର୍ଦ୍ଧ୍ୱ ପରୀକ୍ଷାରେ ପେପର ଲିକ ହୋଇଛି ଯଦ୍ୱାରା ୨କୋଟିରୁ ଉର୍ଦ୍ଧ୍ୱ ପରୀକ୍ଷାର୍ଥୀ ମାନଙ୍କର ଭବିଷ୍ୟତ ଏବେ ଅନ୍ଧକାରକୁ ଠେଲି ହୋଇଯାଇଛି। ନ୍ୟାସନାଲ ଟେଷ୍ଟିଂ ଏଜେନ୍ସି (ଏନଟିଏ) ଦ୍ୱାରା ପରିଚାଳିତ ୟୁଜିସି-ନେଟ ଜୁନ ପରୀକ୍ଷାରେ ବ୍ୟାପକ ଅନିୟମିତତା ହୋଇଥିଲା। ପରେ ଏହି ପରୀକ୍ଷାକୁ ବାତିଲ କରାଯାଇ ସିବିଆଇ ତଦନ୍ତ ଚାଲିଛି। ଡାକ୍ତରୀ ପ୍ରବେଶିକା ପରୀକ୍ଷା ୨୦୨୪ (ନିଟ୍)ରେ ମଧ୍ୟ ସମାନଭାବେ ବ୍ୟାପକ ଅନିୟମିତତା ଯଥା: ପ୍ରଶ୍ନପତ୍ର ଲିକ୍ ହେବା ଫଳରେ ୨୪ଲକ୍ଷରୁ ଉର୍ଦ୍ଧ୍ୱ ପରୀକ୍ଷାର୍ଥୀମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ ଏବେ ଅନ୍ଧକାରରେ। ଏହି ପରୀକ୍ଷାରେ ୬୭ଜଣ ଟପ୍ପର ହେବା, ଗୋଟିଏ ସେଂଟରରୁ ଏକାଧିକ ଟପ୍ପର, ଗ୍ରେସ ମାର୍କ ଦେବା ଇତ୍ୟାଦି ବ୍ୟାପକ ଅନିୟମିତତାର ଜ୍ୱଳନ୍ତ ଉଦାହରଣ। ବର୍ଷ ବର୍ଷ ଧରି କଠିନ ପରିଶ୍ରମ କରି ଡକ୍ଟର ହେବାପାଇଁ ଆଶାବାନ୍ଧିଥିବା ଛାତ୍ରଛାତ୍ରୀ ମାନଙ୍କୁ ମୋଦୀ ସରକାର ନିରାଶ କରିଛି। ଏନଟିଏର କାର୍ଯ୍ୟକାରିତା ଆଜି ସନ୍ଦେହ ଘେରରେ ରହିଛି। କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ୩ ବର୍ଷ ଧରି ଶିକ୍ଷା ବିଭାଗର ମନ୍ତ୍ରୀ ଭାବେ କାର୍ଯ୍ୟକରୁଥିବା ବେଳେ ପେପର ଲିକ୍‌କୁ ରୋକିବା ଦିଗରେ ସଂପୂର୍ଣ୍ଣ ଭାବେ ବିଫଳ ହୋଇଛନ୍ତି। ଏହି ଘଟଣାରେ ପାଟ୍‌ନା ପୋଲିସ ୭ଜଣଙ୍କୁ ଗିରଫ କରିଛି ତନ୍ମଧ୍ୟରୁ ୪ଜଣ ପରୀକ୍ଷାର୍ଥୀ, ସେମାନେ ଆଗୁଆ ପ୍ରଶ୍ନପତ୍ର ପାଇବା ପୋଲିସ ଆଗରେ ସ୍ୱୀକାର ମଧ୍ୟ କରିଛନ୍ତି। ପୂର୍ବରୁ କେନ୍ଦ୍ର ଶିକ୍ଷା ମନ୍ତ୍ରୀ ପ୍ରଶ୍ନପତ୍ର ଲିକ ହୋଇନାହିଁ ବୋଲି ଯେଉଁ ବାହାସ୍ଫୋଟ ମାରୁଥିଲେ ଆଜି ସର୍ବସମ୍ମୁଖରେ କ୍ଷମା ପ୍ରାର୍ଥନା କରିବା ସହ ନିଜର ନୈତିକତା ଆଧାରରେ ଇସ୍ତଫା ଦାବି କରିଛି କଂଗ୍ରେସ। ଆଜି ପ୍ରଦେଶ କଂଗ୍ରେସ ପକ୍ଷରୁ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ନେତୃତ୍ୱରେ ନିଟ-ୟୁଜି, ୟୁଜିସି-ନେଟ ପରୀକ୍ଷାରେ ବ୍ୟାପକ ଅନିୟମିତତା ଓ ପ୍ରଶ୍ନପତ୍ର ଲିକ୍ ଘଟଣାକୁ ବିରୋଧ କରି ଏକ ର୍‌ୟାଲି କଂଗ୍ରେସ ଭବନରୁ ବାହାରି ମାଷ୍ଟରକ୍ୟାଂଟିନ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ପିସିସି ସଭାପତି ଶ୍ରୀ ପଟ୍ଟନାୟକ କହିଛନ୍ତି କେନ୍ଦ୍ରରେ ଥିବା ମୋଦୀ ସରକାର ଛାତ୍ର ବିରୋଧି ସରକାର ଅଟେ। ବିଗତ ବର୍ଷମାନଙ୍କରେ ଅନେକ ପରୀକ୍ଷାରେ ବ୍ୟାପକ ଅନିୟମିତତା ସତ୍ତ୍ୱେ ଏହାକୁ ରୋକିବାରେ ଅସମର୍ଥ ହେଉଛନ୍ତି ସରକାର। ଏହି ଘଟଣାରେ ମାନ୍ୟବର ସୁପ୍ରିମକୋର୍ଟଙ୍କ ତତ୍ତ୍ୱବଧାନରେ ତଦନ୍ତ ହେଲେ ପ୍ରକୃତ ଦୋଷୀ ସାମନାକୁ ଆସିବ। କଂଗ୍ରେସ ଦଳ ସଦାସର୍ବଦା ଲକ୍ଷ ଲକ୍ଷ ମେଧାବୀ ଛାତ୍ରଛାତ୍ରୀଙ୍କ ସହିତ ଠିଆ ହୋଇଛି। ଏହି ଘଟଣାର ସତ୍ୟାସତ୍ୟ ନ ଆସିବା ପର୍ଯ୍ୟନ୍ତ କଂଗ୍ରେସ ଆନ୍ଦୋଳନାତ୍ମକ ପନ୍ଥା ଆପଣାଇ ଛାତ୍ରଛାତ୍ରୀ ମାନଙ୍କ ବିରୋଧରେ ହୋଇଥିବା ଅନ୍ୟାୟ ବିରୋଧରେ ଲଢ଼େଇ ଜାରିରଖିବ। ଆଜିର ଏହି କାର୍ଯ୍ୟକ୍ରମରେ ପୂର୍ବତନ ପିସିସି ସଭାପତି ପ୍ରସାଦ ହରିଚନ୍ଦନ, ବରିଷ୍ଠ ଉପସଭାପତି ଶିବାନନ୍ଦ ରାୟ, ଗଣମାଧ୍ୟମ ବିଭାଗର ଅଧ୍ୟକ୍ଷ ଡ. ବିଶ୍ୱରଞ୍ଜନ ମହାନ୍ତି, ସନତ ଦାଶ, ମନୋରଞ୍ଜନ ଦାଶ, ସୁରେଶ ମହାପାତ୍ର, ରବିନ୍ଦ୍ର କୁମାର ମଲ୍ଲିକ, ଲଲାଟେନ୍ଦୁ ମହାପାତ୍ର, ଚିନ୍ମୟ ସୁନ୍ଦର ଦାସ, ଶ୍ରୀନିବାସ ରାଉତରାୟ, ତରୁଣ ମିଶ୍ର, ସନ୍ତୋଷ ଜେନା, ଜ୍ଞାନରଞ୍ଜନ ପଟ୍ଟନାୟକ, ଡ. ସ୍ମୃତିରଞ୍ଜନ ଲେଙ୍କା, ନିରଞ୍ଜନ ନାୟକ, ସୁବ୍ରତ ମହାପାତ୍ର, ରାଜୀବ ପଟ୍ଟନାୟକ, ମିହିର ଆଚାର୍ଯ୍ୟ, କୃଷ୍ଣଚନ୍ଦ୍ର ମହାନ୍ତି, ପ୍ରଭାତ ପ୍ରତାପ ସିଂ, ଜୟକୃଷ୍ଣ ସୁବୁଦ୍ଧି, ଅଶୋକ ଦାସ, ଆଦିତ୍ୟ ପ୍ରିତମ ଦାସ, ଜ୍ଞାନରଞ୍ଜନ ରାଉତ, ମିତ୍ରଭାନୁ ମହପାତ୍ରଙ୍କ ସମେତ ଶତାଧିକ କଂଗ୍ରେସ ନେତା ଓ କର୍ମୀ ଉପସ୍ଥିତ ଥିଲେ।

## ଜୁଲାଇରେ ପୂର୍ଣ୍ଣାଙ୍ଗ ବଜେଟ୍ ନୁହେଁ କାମଚଳା ବଜେଟ ଆଣିବେ ବିଜେପି ସରକାର



ଭୁବନେଶ୍ୱର, ୨୧।୬(ପି.ଏନ):ରାଜ୍ୟରେ କ୍ଷମତାସୀନ ବିଜେପି ସରକାର ଆସନ୍ତା ଜୁଲାଇ ମାସରେ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ କାମଚଳା ବଜେଟ(ଲେଖାନୁଦାନ) ବିଧାନସଭାରେ ଉପସ୍ଥାପନ କରିବେ । ପ୍ରଥମଥର ପାଇଁ ସରକାର ଗଢ଼ିଥିବା ବିଜେପି ନିଜର ନିର୍ବାଚନୀ ପ୍ରତିଶ୍ରୁତିକୁ ପାଳନ ନିମନ୍ତେ ଚଳିତ ଆର୍ଥିକ ବର୍ଷରେ ପୂର୍ଣ୍ଣାଙ୍ଗ ବଜେଟ ଆଣିବା ପାଇଁ ବିଳମ୍ବ ହେବ ବୋଲି ଜଣାପଡିଛି ।ରାଜ୍ୟ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ଆଜି ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି ଯେ, ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ଆଣିବା ପୂର୍ବରୁ ଲେଖାନୁଦାନ ଆଗତ କରାଯିବ । ପୂର୍ବର ସରକାର ଚଳିତ ଆର୍ଥିକ ବର୍ଷର ଜୁଲାଇ ମାସ ପର୍ଯ୍ୟନ୍ତ ଲେଖାନୁଦାନ(କାମଚଳା ବଜେଟ) ଆଗତ କରିଥିଲେ ।ଆମେ ଆଉ ଏକ ଲେଖାନୁଦାନ ଆଗତ କରିବୁ । ତା'ପରେ ପୂର୍ଣ୍ଣାଙ୍ଗ ବଜେଟ୍ ଗୃହରେ ଆସିବ । ସଂସଦରେ କେନ୍ଦ୍ର ସରକାର ପୂର୍ଣ୍ଣାଙ୍ଗ ବଜେଟ୍ ଉପସ୍ଥାପନ କରିବା ପରେ ହିଁ ଓଡିଶାରେ ବିଜେପି ସରକାର ନିଜର ପ୍ରଥମ ବଜେଟ୍ ଉପସ୍ଥାପନ କରିବେ । କେନ୍ଦ୍ର ବଜେଟରେ ଓଡିଶା ପାଇଁ ପାଣ୍ଠି ଆବଂଟନକୁ ଦେଖିବା ପରେ ରାଜ୍ୟ ବଜେଟ୍ ପ୍ରସ୍ତୁତ କରାଯିବ ବୋଲି ଶ୍ରୀ ସିଂହଦେଓ କହିଛନ୍ତି ।

## ରାଜଭବନରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ



ଭୁବନେଶ୍ୱର, ୨୧।୬(ପି.ଏନ): ରାଜ ଭବନଠାରେ ଆଜି ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଯାଇଛି । ରାଜ୍ୟପାଳ ଶ୍ରୀ ରଘୁବର ଦାସଙ୍କ ନିର୍ଦ୍ଦେଶକ୍ରମେ ଏହି ଅବସରରେ ଅଭିଷେକ ହଲ୍ ଠାରେ ଅନ୍ତର୍ଜାତୀୟ ଯୋଗ ଦିବସ ଅବସରରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଥିଲା। ରାଜ୍ୟପାଳଙ୍କ ବ୍ୟକ୍ତିଗତ ଶାସନ ସଚିବ ହିମାଂଶୁ ନାରାୟଣ ପଟ୍ଟନାୟକ, ରାଜ୍ୟପାଳଙ୍କ ଲେଖା ନିୟନ୍ତ୍ରକ ଗୌତମ ଚୌଧୁରୀଙ୍କ ସମେତ ରାଜ ଭବନର ଅନ୍ୟାନ୍ୟ ଅଧିକାରୀ ଓ କର୍ମଚାରୀ ସମୂହ ଉକ୍ତ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ। ଯୋଗଗୁରୁ ଅଜିତ୍ କୁମାର ରଣା ଏବଂ ନିଲୀମା ପାଲ୍ ଯୋଗ ଶିବିର ପରିଚାଳନା କରିଥିଲେ। ଚାପଗ୍ରସ୍ତ ସମାଜରେ ଶରୀର, ମନ ଓ ଆତ୍ମାର ସମନ୍ୱୟ ପାଇଁ ଯୋଗ ଏକ ଗୁରୁତ୍ୱପୂର୍ଣ୍ଣ ମାଧ୍ୟମ। ସୁସ୍ଥ ଶରୀର ଓ ସୁସ୍ଥ ସମାଜ ଗଠନରେ ଯୋଗ ମହତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ। ଚଳିତ ବର୍ଷ ଅ'ର୍ଜାତୀୟ ଯୋଗ ଦିବସ ପାଳନର ଶୀର୍ଷକ 'ନିଜ ପାଇଁ ଯୋଗ ଓ ସମାଜ ପାଇଁ ଯୋଗ' ହୋଇଥିବାରୁ ଏହାକୁ ଅଧିକ ସୁଦୂରପ୍ରସାରୀ କରିବା ଉପରେ କାର୍ଯ୍ୟକ୍ରମ ମାଧ୍ୟମରେ ଗୁରୁତ୍ୱ ଆରୋପ କରାଯାଇଥିଲା ।

## ରାଜଧାନୀରେ ହତ୍ୟାକାଣ୍ଡ, ଭଡାଟିଆ ସାଜିଲା ରକ୍ତମୁଖା

ଭୁବନେଶ୍ୱର, ୨୧।୬(ପି.ଏନ): ଆଜି ସକାଳୁ ରାଜଧାନୀର ତମାଣ୍ଡୋ ଅଞ୍ଚଳରେ ଘଟିଛି ବୀଭତ୍ସ ହତ୍ୟାକାଣ୍ଡ । ଏହି ଅଭାବନୀୟ ଘଟଣାଟି ତମାଣ୍ଡୋ ଥାନା ଅଞ୍ଚଳର ଇଞ୍ଜିନିୟରିଂ କଲେଜ ପାଖରେ ହୋଇଛି ।ସୂଚନାଯୋଗ୍ୟ ଯେ ଏହି ଇଞ୍ଜିନିୟରିଂ କଲେଜ ପାଖର ଏକ ଭଡାଘରେ ରହୁଥିବା ଭଡାଟିଆ ଜଣଙ୍କ ହତ୍ୟା କରିଥିବାର ସନ୍ଦେହ କରାଯାଇଛି । ତମାଣ୍ଡୋ ଥାନା ପାଖ ଅଞ୍ଚଳର ଏକ ରାସ୍ତା କଡରୁ ରକ୍ତାକ୍ତ ଅବସ୍ଥାରେ ସେହି ମୃତ ପୋଲିସ ଜବତ କରିଛି । ପୋଲିସର ସନ୍ଦେହ ମୃତକଙ୍କ ଘରେ ରହୁଥିବା ବ୍ୟକ୍ତି ଉପରେ ହୋଇଥିଲା । ତେଣୁ ପୋଲିସ ଭଡାଟିଆକୁ ଅଟକ ରଖି ଜେରା କରିବା ସହ ଘଟଣାର ଛାନ୍ଭିନ କରୁଛି ।

## ଖଣ୍ଡା, ଭୁଜାଲି ଧରି ଷ୍ଟାଣ୍ଡରେ ପଶିଲେ; ଗୋଡାଇ ଗୋଡାଇ ବସ୍ ମାଲିକଙ୍କୁ ହାଣିଲେ



ଭୁବନେଶ୍ୱର, ୨୧।୬(ପି.ଏନ);ଖଣ୍ଡା ଓ ଭୁଜାଲି ଧରି ବସ୍ ଷ୍ଟାଣ୍ଡରେ ପଶିଲେ ଶତାଧିକ ଯୁବକ। ଆଉ ଗୋଡାଇ ଗୋଡାଇ ବସ୍ ମାଲିକଙ୍କୁ ହାଣିଲେ। ଜନଗହଳୀ ପୂର୍ଣ୍ଣ ବସ୍ ? ଷ୍ଟାଣ୍ଡ କିଛି ସମୟ ପାଇଁ ରଣକ୍ଷେତ୍ରରେ ପରିଣତ ହୋଇଥିଲା। ଆଉ ଭୟର ବାତାବରଣ ଖେଳି ଯାଇଥିଲା। ଆଜି ସନ୍ଧ୍ୟା ବେଳେ ଏପରି ବୀଭତ୍ସ ଚିତ୍ର ଦେଖିବାକୁ ମିଳିଥିଲା ବାରିପଦା ବସ୍‌ଷ୍ଟାଣ୍ଡରେ। ବସ୍ ଟାଇମିଂକୁ ନେଇ ଏହି ରକ୍ତାକ୍ତ ସଂଘର୍ଷ ଘଟିଥିବା ଅଭିଯୋଗ ହୋଇଛି ।ଭଦ୍ରକରୁ ବାରିପଦା ମଧ୍ୟରେ ଚାଲୁଥିବା 'ମାଆ ଦୁର୍ଗା' ନାମକ ଘରୋଇ ବସ୍ ସନ୍ଧ୍ୟା ୮ଟା ୯ ମିନିଟ୍ ?ରେ ବାରିପଦା ଷ୍ଟାଣ୍ଡ ଭିତରେ ପ୍ରବେଶ କରିବା ପାଇଁ ଅନୁମତି ପାଇଥିଲା। ତେଣୁ ବସଟି ସେହି ସମୟରେ ପ୍ରତିଦିନ ପ୍ରବେଶ କରେ ଓ ୮ଟା ୨୫ ମିନିଟ୍ ?ରେ ଷ୍ଟାଣ୍ଡରୁ ବାହାରେ। ହେଲେ ଆଜି ବସ୍ ?ଟି ସନ୍ଧ୍ୟା ସାଢ଼େ ୭ଟାରେ ଷ୍ଟାଣ୍ଡ ଭିତରେ ପଶିଥିଲା। ସେଥିପାଇଁ ଷ୍ଟାଣ୍ଡ କର୍ମଚାରୀମାନେ ବିରୋଧ କରିଥିଲେ। ହେଲେ 'ମାଆ ଦୁର୍ଗା' ବସ୍ ? ପରିଚାଳକ ଜବରଦସ୍ତି ପଶାଇବାରୁ ଉଭୟଙ୍କ ଭିତରେ ଯୁକ୍ତିତର୍କ ହୋଇଥିଲା। ସେହି ଯୁକ୍ତିତର୍କ ଭିତରେ ୧୦୦ରୁ ଅଧିକ ଯୁବକ ହାତରେ ଖଣ୍ଡା, ଭୁଜାଲି ଓ ଅନ୍ୟାନ୍ୟ ମାରଣାସ୍ତ୍ର ଧରି ଷ୍ଟାଣ୍ଡ ଭିତରେ ପଶି ଥିଲେ। ଗୋଡାଇ ଗୋଡାଇ ବସ୍ ମାଲିକ ଓ କର୍ମଚାରୀଙ୍କୁ ହାଣିଥିଲେ।

## ରାତି ପାହିଲେ ଦାରୁ ଦିଅଁଙ୍କ ଦିବ୍ୟ ସ୍ନାନ; ସଜେଇ ହୋଇଛି ସ୍ନାନବେଦୀ



ଭୁବନେଶ୍ୱର, ୨୧।୬(ପି.ଏନ): କାଲି ଦାରୁ ଦିଅଁଙ୍କ ଦିବ୍ୟ ସ୍ନାନ। ସଜେଇ ହୋଇଛି ସ୍ନାନବେଦୀ। ତେଣେ ଚତୁର୍ଦ୍ଧା ମୂରତିଙ୍କୁ ୧୦୮ ଗରା ସୁବାସିତ ଜଳରେ ସ୍ନାନ ପାଇଁ ଶ୍ରୀମନ୍ଦିରରେ ଚାଲିଛି ଜୋରଦାର ପ୍ରସ୍ତୁତି। ସେଥିପାଇଁ ସେବକଙ୍କୁ ତର ନାହିଁ। ଇତି ମଧ୍ୟରେ ଦଇତାପତି ସେବକ ମହାପ୍ରଭୁଙ୍କ ଶ୍ରୀଅଙ୍ଗ ସୁରକ୍ଷା ଲାଗି ସେନାପଟା ଓ ବାହୁଟକଣ୍ଠ ଭଳି ଗୁପ୍ତନୀତି ସାରିଛନ୍ତି। ତେଣେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସ୍ଥିରୀକୃତ ସ୍ନାନ ନୀତି ଅନୁସାରେ ଶନିବାର ଭୋର୍ ସାଢ଼େ ୪ଟାରେ ମଙ୍ଗଳାର୍ପଣ ଓ ୫ଟାରୁ ଆରମ୍ଭ ହେବ ପହଣ୍ଡି। ସକାଳ ୭ଟା ସୁଦ୍ଧା ଶ୍ରୀଜୀଉମାନଙ୍କ ପହଣ୍ଡି ସାରି ଅନ୍ୟାନ୍ୟ ନୀତିକାନ୍ତି ବଢ଼ିବା ପରେ ମଧ୍ୟାହ୍ନ ୧୨ଟା ୨୦ରୁ ୧ଟା ୪୫ ଭିତରେ ହେବ ଜଳ ବିଜେ। ଅପରାହ୍ନ ୩ ଟାରେ ଛେରା ପହଁରା ପରେ ୩ଟା ୪୦ରୁ ହାତୀବେଶ ଆରମ୍ଭ ହେବ। ସନ୍ଧ୍ୟା ୭ଟା ୩୦ରୁ ରାତି ୧୦ଟା ୩୦ ଯାଏଁ ସାହାଣ ମେଳା ଦର୍ଶନ ପାଇଁ ସମୟ ଧାର୍ଯ୍ୟ ହୋଇଛି ।ଦର୍ଶନ ସରିବା ପରେ ରାତି ୧୧ଟାରେ ହାତୀବେଶ ଓଲାଗି ହୋଇ ସାଢେ ୧୧ଟାରୁ ୨ ମଧ୍ୟରେ ବାହୁଡା ପହଣ୍ଡି କରାଯିବ। ସ୍ନାନ ନୀତି ପାଇଁ ଆଜି ସୁନା କୂଅରୁ ସଂଗୃହିତ ଜଳକୁ ଅଧିବାସ ଗୃହରେ ରଖାଯାଇଛି । ଗରାବଡୁ ସେବକମାନେ ଏହାକୁ ସ୍ନାନବେଦୀକୁ ଆଣିବା ପରେ ପଞ୍ଚଉପଚାର ବିଧିରେ ଠାକୁରମାନଙ୍କୁ ଲାଗି କରାଯିବ। ଶ୍ରୀଜିଉଙ୍କ ଦୁର୍ଲଭ ସ୍ନାନ ଉତ୍ସବର ସାନିଧ ନେବାକୁ ଉତ୍କଣ୍ଠାର ସହ ଅପେକ୍ଷା କରିଛନ୍ତି ଲକ୍ଷାଧିକ ଭକ୍ତ।

## ଓଡିଶାରେ ବହୁ କୋଟି ଟଙ୍କାର 'ପେଡ୍ ନ୍ୟୁଜ୍' କେଳେଙ୍କାରୀ: ନୂଆ ଫନ୍ଦି କରି ମନଇଛା ଲୁଟିଛନ୍ତି ଲୋକଙ୍କ ଟଙ୍କା



ଭୁବନେଶ୍ୱର, ୨୧।୬(ପି.ଏନ):ବିଜେଡି ସରକାର ଅମଳରେ ଆଇନକାନୁନକୁ ମୋଡିମକଚି ରାଜକୋଷକୁ ଲୁଟ୍ କରାଯାଇଛି। ସାଧାରଣ ନିର୍ବାଚନକୁ ଆଖିରେ ରଖି ବିଜେଡି ସରକାରଙ୍କ ସ୍ତୁତିଗାନ ପାଇଁ ସାଧାରଣ ଲୋକଙ୍କ ଟିକସ ଟଙ୍କାକୁ କିଛି ଆଖିବୁଜା ଲୁଟିଛନ୍ତି। ରାଜ୍ୟରେ ବିଜ୍ଞାପନ ନୀତି ଥାଇ ମଧ୍ୟ ଲୋକଙ୍କ ଟଙ୍କାକୁ ଲୁଟ୍ ପାଇଁ ରାଜ୍ୟ ସୂଚନା ଓ ଲୋକସମ୍ପର୍କ ବିଭାଗ କିଭଳି ନୂଆ କୌଶଳ ଆପଣାଇଥିଲା ସେନେଇ ଚାଂଚଲ୍ୟକର ତଥ୍ୟ ହସ୍ତଗତ ହୋଇଛି । ବିଜ୍ଞାପନ ନୀତିରେ ସ୍ୱଚ୍ଛତା ଓ ପାରଦର୍ଶିତା ରଖିନଥିବା ରାଜ୍ୟ ସରକାର କେବଳ ଜାନୁୟାରୀରୁ ମାର୍ଚ୍ଚ ମାସ ମଧ୍ୟରେ ପ୍ରାୟ ୨୫କୋଟିରୁ ଉର୍ଦ୍ଧ୍ୱ ଟଙ୍କାକୁ 'ଆଡଭଟୋରିଆଲ' ବା 'ପେଡ୍ ନ୍ୟୁଜ୍ ?' କିଛି ନିର୍ଦ୍ଦିଷ୍ଟ ଓଡିଆ ସମ୍ବାଦପତ୍ରକୁ ଦେଇଛନ୍ତି । ଯେଉଁଥିରେ ବିଜେଡି ପ୍ରାୟୋଜିତ ସମ୍ବାଦପତ୍ର ସର୍ବାଧିକ ଫାଇଦା ନେଇଥିବା ଜଣାପଡିଛି । ରାଜ୍ୟ ସରକାରଙ୍କ ନିୟମିତ ବିଜ୍ଞାପନକୁ ବାଦ୍ ଦେଇ ଆଗଧାଡିର ୫-୬ଟି ନିର୍ଦ୍ଦିଷ୍ଟ ସମ୍ବାଦପତ୍ରକୁ ବିଜେଡି ସରକାର ପୃଷ୍ଠାପୃଷ୍ଠାର ସ୍ତୁତିଗାନ ପାଇଁ ଅତିରିକ୍ତ ପୁରସ୍କାର ଭାବେ 'ଆଡଭଟୋରିଆଲ' ଆକାରରେ କୋଟି କୋଟି ଟଙ୍କା ବାଂଟିଛନ୍ତି । ଆଉ ଏସବୁ ବିଜେଡିର ମିଡିଆ ଦାୟିତ୍ୱରେ ଥିବା ଜଣେ ସାଂସଦଙ୍କ ପ୍ରତ୍ୟକ୍ଷ ଇସାରାରେ ହେଉଥିଲା ବୋଲି ଚର୍ଚ୍ଚା ହେଉଛି ।ମିଳିଥିବା ସୂଚନା ଅନୁସାରେ, ରାଜ୍ୟର ବିଜେଡି ସରକାର ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ରାଜକୋଷ ଅର୍ଥରେ ନିଜର ପ୍ରଚାର କରିବାର ନୂଆ ଫନ୍ଦି ବାହାର କରିଥିଲେ । ଦୀର୍ଘ ୨୪ବର୍ଷ ଧରି ରାଜ୍ୟରେ କ୍ଷମତାରେ ଥାଇ ନିଜସ୍ୱ ବିଜ୍ଞାପନ ନୀତି ଆଣିବାରେ ସକ୍ଷମ ହୋଇନଥିବା ବିଜେଡି ସରକାର କିନ୍ତୁ ରାଜକୋଷରୁ କୋଟି କୋଟି ଟଙ୍କା ଖର୍ଚ୍ଚ କରି ନିର୍ବାଚନୀ ଫାଇଦା ପାଇଁ ନିଜର ପ୍ରଚାର କରିବାର କୌଣସି ସୁଯୋଗକୁ ହାତଛଡା କରୁନଥିଲା । ବିଜେଡି ପ୍ରାୟୋଜିତ ଏକ ସମ୍ବାଦପତ୍ରକୁ ଅଧିକ ଅନୁଗ୍ରହ ଦେଖାଇବା ପାଇଁ ଆଇନକୁ ମୋଡିମକଚି ରାଜ୍ୟ ସୂଚନା ଓ ଲୋକସମ୍ପର୍କ ବିଭାଗର ପ୍ରମୁଖ ସଚିବ ସଞ୍ଜୟ କୁମାର ସିଂ ଓ ନିର୍ଦ୍ଦେଶକ ସରୋଜ କୁମାର ସାମଲ 'ଆଡଭଟୋରିଆଲ' ଭଳି ଏକ ଉଦ୍ଭଟ ଚିନ୍ତାଧାରାକୁ ଜନ୍ମ ଦେଇଥିଲେ । ଯଦିଓ ଗଣମାଧ୍ୟମ ସଂସ୍ଥାଗୁଡିକୁ ବିଜ୍ଞାପନ ବା 'ଆଡଭଟାଇଜମେଂଟ' ଦେବା ପାଇଁ ରାଜ୍ୟ ସରକାର ଚିରାଚରିତ ଢଙ୍ଗରେ 'ଡିଏଭିପି' ସଂସ୍ଥା ନିର୍ଦ୍ଧାରିତ ବିଜ୍ଞାପନ ଦରକୁ ବିଚାରକୁ ନେଇଥାନ୍ତି । ରାଜ୍ୟ ସୂଚନା ଓ ଲୋକସମ୍ପର୍କ ବିଭାଗର ତଥ୍ୟ ଅନୁସାରେ, ଚଳିତବର୍ଷ ଜାନୁୟାରୀ ସୁଦ୍ଧା ରାଜ୍ୟରେ ମୋଟ ୧୪ଟି ବୃହତ୍ ଦୈନିକ ଓଡିଆ ସମ୍ବାଦପତ୍ର ରହିଛି । ଯେଉଁଥିରେ ବିଜେଡି ପ୍ରାୟୋଜିତ ଦୈନିକ ସମ୍ବାଦପତ୍ର ମଧ୍ୟ ରହିଛି । ବିଜେଡି ପ୍ରାୟୋଜିତ ଏହି ସମ୍ବାଦପତ୍ରକୁ କିଭଳି କୋଟିକୋଟି ଟଙ୍କା ଦେଇହେବ ସେ ନେଇ 'ଆଡଭଟୋରିଆଲ' ଭଳି ଏକ ନୂଆ ଫନ୍ଦିକୁ ରାଜ୍ୟ ସରକାର ବିକଶିତ କରିଥିଲେ । ପୁରୀ ଶ୍ରୀମନ୍ଦିର ପ୍ରକଳ୍ପ, ସମଲେଇ ପ୍ରକଳ୍ପ ଓ ବିଶ୍ୱ ଓଡିଆ ଭାଷା ସମ୍ମିଳନୀବେଳେ ରାଜ୍ୟର ହାତଗଣତି ୩-୪ଟି ସମ୍ବାଦପତ୍ରଗୁଡିକରେ ସରକାରଙ୍କୁ ସୁହାଇବା ଓ ସ୍ତୁତିଗାନ କରିବା ପାଇଁ ଯେଉଁ ପୃଷ୍ଠାପୃଷ୍ଠା ଲେଖା(ପେଡନ୍ୟୁଜ) ପ୍ରକାଶ ପାଉଥିଲା ସେଥିପାଇଁ ସମ୍ପୃକ୍ତ ଗଣମାଧ୍ୟମ ସଂସ୍ଥାଗୁଡିକୁ ମୋଟାଅଙ୍କର ଟଙ୍କା ଦିଆଯାଉଥିଲା । ବିଜ୍ଞାପନକୁ ବାଦ୍ ଦେଇ ସମ୍ବାଦପତ୍ରଗୁଡିକ ଏହି ଲେଖା ପ୍ରକାଶ କରୁଥିଲେ ଓ ସେଥିପାଇଁ ସେମାନେ ପାଉଥିବା ବିଜ୍ଞାପନ ଦରଠୁ ବି ଚଢ଼ାଦରରେ ଅର୍ଥ ଦିଆଯାଉଥିଲା ।

## ପ୍ରତିଦିନ ୨ ଘଣ୍ଟା ଲୋକଙ୍କ ଅଭିଯୋଗ ଶୁଣିବେ ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର, ୨୧।୬(ପି.ଏନ): ପ୍ରତିଦିନ ୨ ଘଣ୍ଟା ପାଇଁ ଲୋକଙ୍କ ଅଭିଯୋଗ ଶୁଣିବେ ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ । ଆଜିଠାରୁ ଏହି ଅଭିଯୋଗ ଶୁଣାଣୀ ଆରମ୍ଭ ହେବ। ଭୁବନେଶ୍ୱରରେ ଥିବା ବେଳେ ରାଜ୍ୟ ଅତିଥି ଭବନ କାର୍ଯ୍ୟାଳୟରେ ଅପରାହ୍ନ ୩ଟା ଠାରୁ ୫ଟା ପର୍ଯ୍ୟନ୍ତ ଲୋକଙ୍କ ସମସ୍ୟା ଶୁଣିବେ ଏବଂ ଅଭିଯୋଗ ପତ୍ର ଗ୍ରହଣ କରି ସମସ୍ୟା ସମାଧାନ ପାଇଁ ନେବେ ପଦକ୍ଷେପ ।ସୂଚନା ଯୋଗ୍ୟ ଯେ ନୂଆ ସରକାର ଗଠନ ପରେ ଲୋକଙ୍କ ମୁଖ୍ୟମନ୍ତ୍ରୀ ଭାବରେ ଶ୍ରୀ ମୋହନ ଚରଣ ମାଝୀ ଲୋକପ୍ରିୟତା ହାସଲ କରିଛନ୍ତି । ବିଭିନ୍ନ ସମୟରେ ସେ ଲୋକଙ୍କ ସହିତ ସହଜରେ ମିଶୁଛନ୍ତି । ସୁଖ ଦୁଃଖ ହେଉଛନ୍ତି ଏବଂ ଅଭିଯୋଗ ଗୁଡ଼ିକର ସମାଧାନ ପାଇଁ ଆଶ୍ୱାସନା ମଧ୍ୟ ଦେଉଛନ୍ତି । ଲୋକଙ୍କ ସମସ୍ୟା ସମାଧାନ ଦିଗରେ ଏକ ଶୃଙ୍ଖଳିତ ଓ ସମୟୋଚିତ ବ୍ୟବସ୍ଥା ସୃଷ୍ଟି ପାଇଁ ମୁଖ୍ୟମନ୍ତ୍ରୀ ଏହି ପଦକ୍ଷେପ ନେଇଛନ୍ତି ।ତେବେ ଆଗାମୀ ଦିନରେ ଏହା ଲୋକଙ୍କ ସମସ୍ୟା ଦୂର କରିବାରେ ସହାୟକ ହେବା ନେଇ ଆଶା କରାଯାଉଛି ।









## ଟି ଟାଇମ୍

# ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଇଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଇ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଇ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବଡ଼ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‌ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।



# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହା ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତର୍ଫି ଲଭ କମ୍ୟୁନିଟଓ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲା ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ସୁସ୍ଥତା ହିଁ ଉତ୍ତମ ସ୍ୱାସ୍ଥ୍ୟର ଚାବିକାଠି

ଶରୀର ଓ ମନ ଉଭୟର ସୁସ୍ଥତା ହିଁ ଉତ୍ତମ ସ୍ୱାସ୍ଥ୍ୟର ଚାବିକାଠି । ସେଥିପାଇଁ କୁହାଯାଏ ସ୍ୱାସ୍ଥ୍ୟବାନ ବ୍ୟକ୍ତି ପରିବାର, ସମାଜ, ରାଜ୍ୟ, ଦେଶ ଓ ଜାତିର ମୁଖ ଉଜ୍ଜ୍ୱଳ କରିଥାନ୍ତି । ତେଣୁ ଯଥାର୍ଥରେ କୁହାଯାଏ ସ୍ୱାସ୍ଥ୍ୟ ହିଁ ସମ୍ପଦ । ସ୍ୱାସ୍ଥ୍ୟ କିଣାକିଣି ହୋଇପାରିବା ଜିନିଷ ନୁହେଁ । ପିତାମାତାଙ୍କ ଜୀବନର ସଂଯମତା ଓ ନିଷ୍ଠାପରତା ଉପରେ ଭବିଷ୍ୟତ ବଂଶଧରମାନଙ୍କ ଶାରୀରିକ, ମାନସିକ ତଥା ଗୁଣାତ୍ମକ ସ୍ୱାସ୍ଥ୍ୟ ନିର୍ଭର କରିଥାଏ । ଏଭଳି ଏକ ଗୁରୁତ୍ୱପୂର୍ଣ୍ଣ ବିଷୟକୁ ଆମେ ହାଲୁକା ଭାବେ ଗ୍ରହଣ କରିବା ଉଚିତ ନୁହେଁ । ଏକ ଉତ୍ତମ ସ୍ୱାସ୍ଥ୍ୟ ପାଇଁ ସୁଷମ ଖାଦ୍ୟ, ପରିଷ୍କାର ପାନୀୟ, ଶୁଦ୍ଧ ପରିବେଶ, ଗୃହ ତଥା ଶଯ୍ୟା ଓ ବସ୍ତ୍ର ପ୍ରଭୃତିର ପରିଚ୍ଛନ୍ନତା ନିତାନ୍ତ ପ୍ରୟୋଜନ । ନିୟମିତ ଜୀବନଚର୍ଯ୍ୟା ଆଉ ଏକ ବଡ଼ କଥା । ଖାଦ୍ୟ, ପାନୀୟ ଦୃଷ୍ଟିରୁ ତିନୋଟି ଶୁଦ୍ଧତା ସ୍ୱାସ୍ଥ୍ୟ ପାଇଁ ଆବଶ୍ୟକ ହୋଇଥାଏ । ଖାଦ୍ୟର ପ୍ରକାର ପରିମାଣ ଆଉ ଏକ ବିଚାର୍ଯ୍ୟ ବିଷୟ । ଖାଦ୍ୟ ସାତ୍ତ୍ୱିକ ହେବା ବିଧେୟ । ମାଛ, ମାଂସ, ପିଆଜ, ରସୁଣ ଓ ମାଦକ ଦ୍ରବ୍ୟ ସର୍ବଦା ବର୍ଜନୀୟ । ରାଜସିକ ଓ ତାମସିକ ଖାଦ୍ୟ ଦେହ ତଥା ମନ ପ୍ରତି ଭଲ ନୁହେଁ । ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ମଧ୍ୟ ନିରାମିଷ ଭୋଜନ କରୁଥିବା ଲୋକମାନେ ନିରୋଗୀ ଓ ଦୀର୍ଘାୟୁ ବୋଲି ମତବ୍ୟକ୍ତ କରିଛନ୍ତି । ଏଠାରେ ପରିମାଣ କଥା ଭୁଲିଗଲେ ହେବ ନାହିଁ । ସାତ୍ତ୍ୱିକ ଖାଦ୍ୟ ହେଲେ ବି ଯଦି ଅଧିକ ପରିମାଣରେ ଗ୍ରହଣ କରାଯାଏ; ତେବେ ତାହା ତାମସିକତା ବା ଆଳସ୍ୟ ଭାବ ସୃଷ୍ଟି କରିଥାଏ । ତେଣୁ ମିତାହାର ଭୋଜନ କରିବା ସବୁବେଳେ ଭଲ । ମିତାହାରକୁ ଭଲ ଭାବେ ବୁଝାଇ କୁହାଯାଇଛି ଯେ, ପାକସ୍ଥଳୀର ଶତକଡ଼ା ପଚାଶ ଭାଗ ଖାଦ୍ୟରେ ପୂରଣ କରିବା ଉଚିତ, ଶତକଡ଼ା ପଚିଶ ଭାଗ ଜଳ ପାଇଁ ଓ ଶତକଡ଼ା ପଚିଶ ଭାଗ ପବନ ପାଇଁ ରଖାଯିବା ଉଚିତ । ଯେତେବେଳେ ଖାଇବ ଅଧାପେଟ ତାହା ମଣିଷକୁ କାର୍ଯ୍ୟକ୍ଷମ ରଖେ । ପ୍ରତ୍ୟେକ ଦିନ ନିର୍ଦ୍ଦିଷ୍ଟ ସମୟରେ, ନିର୍ଦ୍ଦିଷ୍ଟ ସମୟ ଅନ୍ତରରେ ଖାଦ୍ୟ ଗ୍ରହଣ କରାଗଲେ ସର୍ବୋତ୍ତମ ଫଳ ମିଳିଥାଏ ।

ଖାଦ୍ୟ ଗ୍ରହଣ କରିବା ଭଳି ଏକ କର୍ମକୁ ଉପାସନାରେ ପରିଣତ କରାଯାଇପାରିବ । ଏଥିପାଇଁ ଦରକାର ଏକ ଉପଯୁକ୍ତ ଭାବ । ଆମ ପାକସ୍ଥଳୀରେ ଏକ ପ୍ରକାର ଅଗ୍ନି ଅଛି ବୋଲି ଆଧ୍ୟାତ୍ମିକବାଦୀମାନେ କହିଥାନ୍ତି । ସେହି ଅଗ୍ନି, କ୍ଷୁଧା ସୃଷ୍ଟି କରେ ଓ ସେ କ୍ଷୁଧାକୁ ସନ୍ତୁଷ୍ଟ କରିବା ପାଇଁ ଆମେ ସେ ଅଗ୍ନି କୁଣ୍ଡରେ ଖାଦ୍ୟ ଅର୍ପଣ କରିଥାଉ । ଏହି ଅଗ୍ନି ଆମ ଠାରେ ସମ୍ଭବ ହୋଇଛି କେବଳ ପରବ୍ରହ୍ମ ପରମାତ୍ମାଙ୍କ ଅଂଶ ଆତ୍ମାର ସ୍ଥିତି ଯୋଗୁ । ଆତ୍ମା ବାହାରି ଯାଇଥିବା ଦେହ, ଶବଠାରେ କ୍ଷୁଧା ସୃଷ୍ଟି ହୋଇପାରେ ନାହିଁ । ଏହି କ୍ଷୁଧାକୁ ତୁଷ୍ଟ କରିବା ଅର୍ଥ ବୈଶ୍ୱାନରଙ୍କୁ ସନ୍ତୁଷ୍ଟ କରିବା । ଭାଗବତ ଗୀତାରେ ଉଲ୍ଲେଖ ଅଛି 'ଅହଂ ବୈଶ୍ୱାନରୋ ଭୂତ୍ୱା ପ୍ରାଣିନାମ୍ ଦେହ ମାଶ୍ରିତଃ, ପ୍ରାଣପାନ ସମାଯୁକ୍ତପଚାମ୍ୟନ୍ନକମ୍ ଚତୁର୍ବିଧମ୍ ।' ଏ ଦୃଷ୍ଟିରୁ କ୍ଷୁଧାକୁ ସନ୍ତୁଷ୍ଟ କରିବା ଅର୍ଥ ଭଗବାନଙ୍କୁ ସନ୍ତୁଷ୍ଟ କରିବା, ଯାହାର ପ୍ରକୃତ ଅର୍ଥ ହେଉଛି 'ଏକ ଉପାସନା' । ଭୋଜନ କରିବା କେବଳ ଜିହ୍ୱା ଲାଳସାର ସନ୍ତୁଷ୍ଟି ନୁହେଁ ବା ସେ ଉଦ୍ଦେଶ୍ୟରେ ହେବା ଉଚିତ ନୁହେଁ । ଖାଦ୍ୟ ଗ୍ରହଣ କରିବା ଏକ ଯଜ୍ଞ ସହ ତୁଳନୀୟ । ଯଜ୍ଞାଗ୍ନିକୁ ଯେଭଳି ନାନା ବିଧ ଦ୍ରବ୍ୟ ଅର୍ପଣ କରାଯାଏ, ଖାଦ୍ୟ ଗ୍ରହଣ କରିବା ସେ ଭଳି ଏକ ଯଜ୍ଞକର୍ମ, ଦେବକର୍ମ ଓ ଉତ୍ତମ ଉପାସନା । ବେଳେ ବେଳେ ନାନା କାରଣବଶତଃ ମଣିଷ ଅଭିମାନ ଅଜ୍ଞତା ଓ କ୍ରୋଧର ବଶବର୍ତ୍ତୀ ହୋଇ ବା ଅନ୍ୟ କାହା ଉପରେ ଦାଉ ସାଧିବାକୁ ଯାଇ, ନଖାଇ ନପିଇ ନିଜ ଦେହକୁ କଷ୍ଟ ଦେଇଥାଏ । ବେଳେ ବେଳେ ଓଳିଏ ପାଇଁ ପାକସ୍ଥଳିକୁ ପରିଷ୍କାର କରିବା ପାଇଁ ଖାଦ୍ୟ ଗ୍ରହଣ କରିବାରେ ବିରତି ଦିଆଯାଇପାରେ । ଶାରୀରିକ ସ୍ୱାସ୍ଥ୍ୟ, ମାନସିକ ସୁସ୍ଥତା ଓ ସର୍ବୋପରି ଆଧ୍ୟାତ୍ମିକ ସ୍ୱାସ୍ଥ୍ୟ ପାଇଁ ସଠିକ୍ ପ୍ରକାରର, ସଠିକ୍ ଭାବର ସହ ଖାଦ୍ୟ ଗ୍ରହଣ କରିବା କେତେ ବେଶୀ ତାତ୍ପର୍ଯ୍ୟପୂର୍ଣ୍ଣ ତାହା ସମସ୍ତଙ୍କର ଅନୁଧ୍ୟାନର ବିଷୟ । ଆଧ୍ୟାତ୍ମିକ ସ୍ୱାସ୍ଥ୍ୟ ନିମିତ୍ତ ନିୟମିତ ପୂଜା ପ୍ରାର୍ଥନା, ଧ୍ୟାନ ଓ ଗୁରୁଦୀକ୍ଷା ଏକାନ୍ତ ପ୍ରୟୋଜନ । ''ସ୍ୱାସ୍ଥ୍ୟଟିକୁ ନିୟନ୍ତ୍ରଣ କରି ଦୃଢତର, ରୁହ ତୁମେ ସୁଜାଗ୍ରତ ଓହେ ଅନୁକ୍ଷଣ, ପୂଜିବାରେ ଇଷ୍ଟଦେବେ ସାର୍ଥକ ଆଚାରେ, ନୀଚବୁଦ୍ଧି ଅହମିକା କରିବା ବର୍ଜନ'' ଏହି ମତବ୍ୟକ୍ତ କରିଛନ୍ତି ମହାପୁରୁଷ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର । ନିଜ ସ୍ୱାସ୍ଥ୍ୟ ପ୍ରତି ନିଜେ ନିଜେ ସଚେତନ ହୋଇ ସମସ୍ତେ ଯଦି ସ୍ୱାସ୍ଥ୍ୟ ନୀତି ଓ ନିୟମ ପାଳନ ପୂର୍ବକ ସୁସ୍ଥ ଜୀବନଯାପନ କରନ୍ତେ ତାହା ନିଜ ପ୍ରତି, ନିଜ ପରିବାର ପ୍ରତି ସର୍ବୋପରି ସମାଜ ତଥା ଦେଶ ପ୍ରତି ଆଶୀର୍ବାଦ ହୋଇଯାଆନ୍ତା । ସୁସ୍ଥ ଶରୀର, ସୁସ୍ଥ ମନର ଜନକ । ସୁସ୍ଥ ମନ ଉନ୍ନତ ବିଚାରର ଜନକ, ଉନ୍ନତ ବିଚାର ବିବେକର ସମର୍ଥକ । ବିବେକାନୁମୋଦିତ ଜୀବନ ହିଁ ସର୍ବୋତ୍ତମ ଫଳଦାୟୀ ଜୀବନ । ଆଜି ଲୋକମାନଙ୍କ ଶାରୀରିକ ସୁସ୍ଥତା କ୍ଷେତ୍ର ପାଇଁ ସରକାରୀ ଚିକିତ୍ସାଳୟରେ ଆବଶ୍ୟକୀୟ ସମସ୍ତ ପ୍ରକାର ଭିତ୍ତିଭୂମି ରଖିଛନ୍ତି । କେବଳ ଚିକିତ୍ସା ନୁହେଁ ରୋଗୀଟିର ଆର୍ଥିକ ଭିତ୍ତିଭୂମିକୁ ଗୁରୁତ୍ୱ ଦେବା ସହ ନିରାମୟ ସ୍ୱାସ୍ଥ୍ୟ ଗଠନ ପାଇଁ ଅନେକ ସଚେତନଧର୍ମୀ କାର୍ଯ୍ୟକ୍ରମ ହାତକୁ ନେଇଥାନ୍ତି । ତେବେ ଅନେକକ୍ଷେତ୍ରରେ ଦେଖାଯାଏ ଲୋକମାନଙ୍କ ଅସଚେତନତାରୁ ନିଜେ ନିଜର ସ୍ୱାସ୍ଥ୍ୟହାନିର କାରଣ ହୋଇଥାନ୍ତି । ଆଜି ବିଶ୍ୱ ସ୍ୱାସ୍ଥ୍ୟ ଦିବସ ଅବସରରେ ସଚେତନତା କ୍ଷେତ୍ରଠାରୁ ଆଧ୍ୟାତ୍ମିକ ନିରାମୟ ଜୀବନ ଗଠନ ପାଇଁ ନିଜ ଦାୟିତ୍ୱ ପ୍ରତି ସଚେତନ ରହିବାର ଉପଯୁକ୍ତ ଦିବସ । ସ୍ୱାସ୍ଥ୍ୟ ହିଁ ସମ୍ପଦ ଏବଂ ଏକ ସୁସ୍ଥ ଓ ପ୍ରଗତିଶୀଳ ସମାଜ ଗଠନରେ ସମସ୍ତଙ୍କ ଐକାନ୍ତିକ ନିଃସ୍ୱାର୍ଥପର ଦାୟିତ୍ୱ ସମ୍ପନ୍ନ ଦ୍ୱାରା ସମାଜ ଓ ରାଷ୍ଟ୍ରର ବିକାଶ ସମ୍ଭବ ।

# ମା' ମନସା ଦେବୀ ଶକ୍ତିପୀଠ

ଶିଓ୍ୱାଲିକ୍ ପର୍ବତ ମାଳାରୁ ନେଇ କୁରୁକ୍ଷେତ୍ର ପର୍ଯ୍ୟନ୍ତ ୪୮କୋଷର ସିନ୍ଧୁବନରେ ଋଷି-ମୁନୀ ମାନେ ପୁରାଣ ରଚନା କରିଥିଲେ । ଏହି ସମସ୍ତ ଭୂଭାଗ ଦେବଧରା ନାମରେ ଜଣାଶୁଣା ।

ଏହି ପରମ୍ପରାରେ ହରିଆନାର ପଞ୍ଚକୁଲାରେ ଶିଓ୍ୱାଲିକ୍ ପର୍ବତମାଳାର କୋଳରେ ସିନ୍ଧୁବନର ଶେଷ ସୀମାରେ ପ୍ରାକୃତିକ ସୌନ୍ଦର୍ଯ୍ୟରେ ଆଚ୍ଛାଦିତ ଏକଦମ ମନୋରମ ଏବଂ ଶାନ୍ତ ପରିବେଶରେ ମାତା ମନସା ଦେବୀଙ୍କ ମନ୍ଦିର ଅବସ୍ଥିତ । ଯଦି କୌଣସି ଭକ୍ତ ସଚ୍ଚା ମନରେ ଚାଳିଶ ଦିନ ପର୍ଯ୍ୟନ୍ତ ଲଗାତାର ମାତା ମନସା ଦେବୀ ଙ୍କର ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା କରନ୍ତି, ତେବେ ମାତା ମନସା ଦେବୀ ତାଙ୍କର ମନୋକାମନା ଅବଶ୍ୟ ପୂରଣ କରିଥାନ୍ତି । ମାତା ମନସା



ଦେବୀଙ୍କର ଚୈତ୍ର ଏବଂ ଆଶ୍ୱିନ ମାସର ନବରାତ୍ର ପର୍ବରେ ରେ ବଡ଼ ଧରଣର ମେଳା ବସିଥାଏ । ଏହି ପର୍ବ ମାତାଙ୍କର ପ୍ରମୁଖ ପର୍ବ ଭାବେ ପାଳନ କରାଯାଏ ।

ମାତା ମନସା ଦେବୀଙ୍କ ମନ୍ଦିରକୁ ନେଇ କେତେକ ଧାରଣା ଓ ମାନ୍ୟତା ପ୍ରଚଳିତ ରହିଛି । ଶ୍ରୀ ମାତା ମନସା ଦେବୀଙ୍କ ଇତିହାସ ଅନ୍ୟ ସିଦ୍ଧ ଶକ୍ତିପୀଠ ଭଳି ଅତି ପ୍ରାଚୀନ । ଶ୍ରୀ ମାତା ମନସା ଦେବୀଙ୍କ ଆବିର୍ଭାବ ହେବାର



ଉଲ୍ଲେଖ ଶିବ ପୁରାଣରେ ରହିଛି ।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ଦକ୍ଷରାଜ ଯଜ୍ଞ କଲାବେଳେ ନିଜ ଝିଅ ବା ଭଗବାନ ଶିବଙ୍କ ପତ୍ନୀ ଦେବୀ ସତୀ ଓ ଶିବଙ୍କୁ ଯଜ୍ଞରେ ଉପସ୍ଥିତ ହେବାକୁ ନିମନ୍ତ୍ରଣ କରି ନଥିବାରୁ ଅତି ଦୁଃଖରେ ମା'ସତୀ ଯଜ୍ଞକୁଣ୍ଡରେ ଆତ୍ମଦାହ କଲେ । ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣିପାରିଲେ । ଭଗବାନ ଶିବ ସଙ୍ଗେ ସଙ୍ଗେ ଘଟଣାସ୍ଥଳରେ ପହଞ୍ଚି ଯାହା ଦେଖିଲେ, ସେ ନିଜେ ବି ବିଶ୍ୱାସ କରିପାରିଲେ ନାହିଁ । ରାଗରେ ଜର୍ଜରିତ ହୋଇ ଭଗବାନ ଶିବ ସତୀଙ୍କ ମରଶରୀର ନିଜ ହାତରେ ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ । ସବୁଆଡ଼େ ଚାଲିଲା ଧ୍ୱଂସଲୀଳା । ଏହାର ସମାଧାନ ପାଇଁ ଦେବ ଦେବୀମାନେ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ । ଭଗବାନ ଶିବ ଧରିଥିବା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ । ସୁଦର୍ଶନ ଚକ୍ର ଦ୍ୱାରା ମା'ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚି ହୋଇ ପଡ଼ିଲା । ସର୍ବ ଶେଷରେ ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା । ସେହି ଦୁର୍ଲଭ ସ୍ଥାନଗୁଡ଼ିକୁ ବ୍ରହ୍ମା, ବିଷ୍ଣୁ ଓ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ । ସେଗୁଡ଼ିକ ମଧ୍ୟରେ ୪ଟି ଆଦିଶକ୍ତି ପୀଠ, ୧୮ଟି ମହାଶକ୍ତି ପୀଠ ଓ ୫୧ଟି ଶକ୍ତିପୀଠ ରହିଛି ।

ଆଦିଶକ୍ତି ପୀଠ ହେଲେ- (୧)ପୁରୀ ଶ୍ରୀମନ୍ଦିରରେ ପୂଜିତା ମା'ବିମଳା (ପାଦଖଣ୍ଡ), (୨) ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ସହର ନିକଟସ୍ଥ ଋଷିକୂଲ୍ୟା ନଦୀ ଉପକଣ୍ଠରେ କୁମାରୀ ପାହାଡ଼ ଉପରେ ବିରାଜିତ ମା'ତାରାତାରିଣୀ (ସ୍ତନଖଣ୍ଡ), (୩) ଆସାମର ଗୌହାଟୀ ସ୍ଥିତ



କାମାକ୍ଷା ଦେବୀ (ଜୋନିଖଣ୍ଡ) ଓ (୪) କୋଲକତାର ଦକ୍ଷିଣ କାଳୀ (ମୁଖଖଣ୍ଡ) । ଓଡ଼ିଶାରେ ମଧ୍ୟ ଗୋଟିଏ ମହା ଶକ୍ତିପୀଠ ମା' "ବିରଜା" ରହିଛନ୍ତି ।

ତେବେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠମାନଙ୍କ ମଧ୍ୟରେ ହିମାଚଳ ପ୍ରଦେଶର କାଙ୍ଗଡ଼ାରେ ମାତା ସତୀଙ୍କ ମସ୍ତକ



ଖଣ୍ଡ ପଡ଼ିଥିଲା । ଏଥିଯୋଗୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କର ଭବ୍ୟ ମନ୍ଦିର ନିର୍ମାଣ ହୋଇଥିଲା । ସେହିପରି ଏଠାରେ ମାତାଙ୍କ ମସ୍ତକ ପଡ଼ିବାରୁ ବ୍ରଜେଶ୍ୱରୀ ଦେବୀ ଶକ୍ତିପୀଠ, ଜ୍ୱାଳାମୁଖୀରେ ଜିହ୍ୱା ଖଣ୍ଡ ପଡ଼ିବାରୁ ଜ୍ୱାଳାଜୀ, ମନର ଭାଗ ପଡ଼ିବାରୁ ଛିନ୍ନ ମସ୍ତିକା, ନୟନରୁ ନୟନ ଦେବୀ ହୋଇଛନ୍ତି ।

ସେହିପରି ତ୍ରିପୁରାରେ ଜଙ୍ଘ ଖଣ୍ଡ ପଡ଼ିବାରୁ ମାତା ଜୟନ୍ତୀ ଦେବୀ, କୋଲକତାରେ ଡ଼ାହାଣ ପାଦ ଅଙ୍ଗୁଳି ପଡ଼ିବାରୁ କାଳୀ ମନ୍ଦିର, ସହରାନପୁର ନିକଟ ଶିଓ୍ୱାଲିକ୍ ପର୍ବତ ଉପରେ ମସ୍ତକ ଖଣ୍ଡ ପଡ଼ିବାରୁ ଶକୁମ୍ଭରୀ, କୁରୁକ୍ଷେତ୍ରରେ ଗଳାର ଆଭୂଷଣ ପଡ଼ିବାରୁ ଭଦ୍ରକାଳୀ ଶକ୍ତିପୀଠ ତଥା ଶିଓ୍ୱାଲିକ୍ ଗିରିମାଳାରେ ଦେବୀଙ୍କ ମସ୍ତିଷ୍କର ଅଗ୍ରଭାଗ ପଡ଼ିବାରୁ ମନସା ଦେବୀ ଶକ୍ତିପୀଠ ସୃଷ୍ଟି ହେଲା ।

ଏହି ଶକ୍ତିପୀଠରେ ମହାଭାରତର ପାଣ୍ଡବ ଭାଇମାନେ ବନବାସ ସମୟରେ ମାତା ମନସା ଦେବୀ ମନ୍ଦିରରେ ଦେବୀଙ୍କୁ ଆରାଧନା କରିଥିଲେ । ପାଣ୍ଡବମାନେ ବନବାସ ସମୟରେ ଭଗବାନ ଶ୍ରୀକୃଷ୍ଣ ମଧ୍ୟ ଏହି ଅଞ୍ଚଳକୁ ଆସିଥିବା ପ୍ରମାଣ ରହିଛି । ତେବେ ପିଞ୍ଜୌର, ସକେତଡ଼ୀ ଓ କାଲକା ଅଞ୍ଚଳରେ ପୁରାତତ୍ତ୍ୱବିତମାନଙ୍କ ଅନୁସନ୍ଧାନରୁ ଏଠାରେ ଯେଉଁ ପ୍ରାଚୀନ ପଦାର୍ଥ ମିଳିଛି, ତାହା ପାଷାଣ ଯୁଗର ବୋଲି କୁହାଯାଉଛି । ଏଥିରୁ ସ୍ପଷ୍ଟ ହେଉଛି ଯେ, ଆଦିମ କାଳରେ ମଧ୍ୟ ଏହି କ୍ଷେତ୍ରରେ ମଣିଷର ଅବସ୍ଥାନ ଥିଲା ଓ ସେ ଦେବୀ ଦେବତାଙ୍କୁ ପୂଜା କରୁଥିଲେ । ଏଣୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କ ମନ୍ଦିର ବିଦ୍ୟମାନ ଥିବା ଜଣା ପଡୁଛି ।

ବର୍ଷର ବିଭିନ୍ନ ସମୟରେ ମାତା ମନସା ଦେବୀଙ୍କ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ । ମାତା ମନସା ଦେବୀଙ୍କ ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ । ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତା ମନସା ଦେବୀଙ୍କୁ ପୂଜା କରିବାକୁ ଆସିଥାନ୍ତି । ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦଦାୟକ ଓ ମନୋରମ ।

# ମହିଳାଙ୍କୁ ବିଭତ୍ସ ହତ୍ୟା; ୩ ଅଭିଯୁକ୍ତ ଅଟକ



ଫୁଲନଖରା (ପିଏନ୍)-୫୫ବର୍ଷ ବୟସ୍କ ଜଣେ ମହିଳାଙ୍କ ମୁଣ୍ଡକୁ ପଥରରେ ଛେଚି ଅତି ବିଭତ୍ସଭାବେ ହତ୍ୟା କରାଯାଇଛି; ଏ ନେଇ ପୋଲିସ ୩ଜଣ ସନ୍ଦିଗ୍ଧଙ୍କୁ ଥାନାରେ ଅଟକ ରଖି ପଚରାଉଚୁରା ଚଳାଇଛି । ଏହି ଅଭାବନୀୟ ଘଟଣା ଘଟିଛି ବାରଙ୍ଗ ବ୍ଲକ ନଗରୀ ପଞ୍ଚାୟତ ଅ'ର୍ଗତ ଅରିଲୋ ଗ୍ରାମରେ । ପୋଲିସ ସୂତ୍ରରୁ ପ୍ରକାଶ ଯେ, ଅରିଲୋ ଗ୍ରାମର ଭୀମସେନ ପାଣିଗ୍ରାହୀଙ୍କ ପତ୍ନୀ ହେମଲତା ପାଣିଗ୍ରାହୀ ଘରେ ଏକୁଟିଆ ଥିଲାବେଳେ ଗତକାଲି ବିଳମ୍ବିତ ରାତିରେ କେହି ଦୁର୍ବୃତ୍ତ ତାଙ୍କୁ ଘରୁ ଟେକି ନେଇ କିଛି ଦୂର ମେଳଣ ପଡ଼ିଆରେ ହତ୍ୟା କରିଛ଼ି' । ଖବର ପାଇ ସଦର ପୋଲିସ ଘଟଣାସ୍ଥଳକୁ ଯାଇ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ କଟକ ପଠାଇ ତଦ' ଚଳାଇଛି । ତେବେ ହତ୍ୟାକାଣ୍ଡରେ ବ୍ୟବହୃତ ପଥରକୁ ମଧ୍ୟ ପୋଲିସ ଜବତ କରିଛି । ହେମଲତାଙ୍କ ସ୍ୱାମୀ ଭୀମସେନ ଓ ତାଙ୍କ ସାନ ପୁଅ ପରିବା



ବ୍ୟବସାୟ କରୁଥିବାରୁ ଗତକାଲି ବିଳମ୍ବିତ ରାତିରେ ଘରକୁ ଫେରିଥିଲେ । ମାତ୍ର ହେମଲତାଙ୍କୁ ଘରେ ନପାଇ ବହୁ ଖୋଜାଖୋଜି ପରେ ତାଙ୍କ ମୃତ ଦେହ ମେଳଣ ପଡ଼ିଆରେ ପଡ଼ିଥିବା ଦେଖିବାକୁ ମିଳିଥିଲା । ଏ ନେଇ ଭୀମସେନ ଥାନାକୁ ଖବର ଦେଇଥିଲେ । ତାଙ୍କ ପତ୍ନୀଙ୍କୁ ହତ୍ୟା କରାଯାଇଥିବା ଭୀମସେନ ପୋଲିସ ନିକଟରେ ଲିଖିତ ଅଭିଯୋଗ କରିଛ଼ି' । କିଛି ମାସ ପୂର୍ବେ ଭୀମସେନଙ୍କ ବଡ଼ ପୁଅ ନିକଟସ୍ଥ ଦକ୍ଷିଣ ଉଷୁମା ଗ୍ରାମର ଜଣେ ଦଳିତ ଶ୍ରେଣୀର ଯୁବତୀଙ୍କୁ ନେଇ କେଉଁଆଡ଼େ ପଳାଇଥିଲା । ବର୍ତ୍ତମାନ ସୁଦ୍ଧା ବଡ଼ ପୁଅ ଓ ସମ୍ପୃକ୍ତ ଦଳିତ ଯୁବତୀ ଅନ୍ୟତ୍ର ରହୁଥିବା ଜଣାପଡ଼ିଛି । ଏହି ଘଟଣାକୁ ନେଇ ଉଭୟ ପରିବାର ମଧ୍ୟରେ ତିକ୍ତ ସମ୍ପର୍କ ରହିଥିଲା । ଏପରିକି ମାମଲା ଥାନାରେ ମଧ୍ୟ ପହଞ୍ଚିଥିଲା । ସମ୍ପୃକ୍ତ ଦଳିତ ପରିବାର ପକ୍ଷରୁ ଯୋଜନାବଦ୍ଧଭାବେ ହେମଲତାଙ୍କୁ ହତ୍ୟା କରିଥିବା ପୋଲିସ ସନ୍ଦେହ କରୁଛି । ଏହି ଘଟଣାକୁ ନେଇ ଅରିଲୋ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି ।

# ଆହ୍ୱାନ ଆନୁକୂଲ୍ୟରେ ଉତ୍କଳ ଦିବସ ପାଳିତ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣି ନାଟ୍ୟ ଅନୁଷ୍ଠାନ ଆହ୍ୱାନର ଉତ୍କଳ ଦିବସ ଆହ୍ୱାନ କାର୍ଯ୍ୟାଳୟ ପରିସରରେ ସମାଜସେବୀ ତଥା ଅନୁଷ୍ଠାନର ଉପସଭାପତି ପାଣ୍ଡବ ଚରଣ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଅଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ନରସିଂହ ଚୌଧୁରୀ ମହାବିଦ୍ୟାଳୟ ପ୍ରାକ୍ତନ ଅଧ୍ୟକ୍ଷ ମୋହନ ଚରଣ ଦାସ ଏବଂ ମୁଖ୍ୟ ବକ୍ତାଭାବେ ବିରଜା ମହିଳା ବିଦ୍ୟାଳୟର ପ୍ରାକ୍ତନ ଅଧ୍ୟାପକ ଶ୍ୟାମଶଙ୍କର ଦାସ ଯୋଗଦେଇ ମତପ୍ରକାଶ କରିଥିଲେ ଯେ ଆଜି ପବିତ୍ର ଉତ୍କଳ ଦିବସ ଏକ ଆତ୍ମ ସମିକ୍ଷା ଦିବସ ଆଜି ଦିନ ସମସ୍ତେ ସପଥ ନେବା ଉଚିତ ମାଆ ମାତୃଭୂମିକୁ ଭଲ ପାଇବା ସଙ୍ଗେ ସଙ୍ଗେ ମାତୃଭାଷାର ଟେକ ଉଚ୍ଚ କରି ରଖିବା । ଓଡ଼ିଶା ପାଇଁ କିଛି ଭାବିବା କିଛି କରିବା ଓ ଉତ୍କଳକୁ ସର୍ବଶ୍ରେଷ୍ଠ ରାଜ୍ୟ ରୂପେ ଗଢ଼ିଲେ ଆଜି ଦିନର ତାତ୍ପର୍ଯ୍ୟ ରହିବ । ସମ୍ମାନିତ ଅତିଥିଭାବେ ଲେଖକ ନବକିଶୋର ଦାସ, ପ୍ରଶାସନିକ କର୍ମୀ ଗୌରାଙ୍ଗ ଶତପଥୀ, ପ୍ରାକ୍ତନ ଅତିରିକ୍ତ ଆରକ୍ଷି ଅଧିକାରୀ ଗଦାଧର ରାଉତ, ଦିନଚର୍ଯ୍ୟାର ସମ୍ପାଦକ ତପନ ମହାରଣ୍ୟ ଶର୍ମା ଯୋଗଦେଇ ଉତ୍କଳ ଦିବସ ଉପରେ ବାର୍ତ୍ତା ପ୍ରଦାନ କରିଥିଲେ । ସମ୍ପାଦକ ବିଶ୍ୱଜିତ ସାହୁ ତାଙ୍କର ବକ୍ତବ୍ୟରେ ଆହ୍ୱାନ ଅନୁଷ୍ଠାର ବର୍ଷଭରି ପୂଜ୍ୟ ପୂଜା ତଥା ସାଂସ୍କୃତି କାର୍ଯ୍ୟକ୍ରମ ପାଇଁ ଅଙ୍ଗିକାର ବଦ୍ଧବୋଲି ମତବ୍ୟକ୍ତ କରିଥିଲେ । ଉତ୍ସବରେ ଜଣେ ଯୁବ ନାଟ୍ୟକାର ବିଷ୍ଣୁ ଚରଣ ଦତ୍ତଙ୍କୁ ମାନପତ୍ର ପ୍ରଦାନ ପୂର୍ବ ସମ୍ବର୍ଦ୍ଧିତ କରାଯାଇଥିଲା । ଅବ୍ୟହିତ ପୂର୍ବରୁ ମା'ବିରଜାଙ୍କ ଫଟୋ ଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରିବା ସଙ୍ଗେ ବିଶ୍ୱଜିତ ସାହୁ, ନଟବର ଜେନା, ଅକ୍ଷୟ ପୃଷ୍ଟି, ମଧୁସ୍ମିତା ନନ୍ଦ ଦ୍ୱାରା ସ୍ୱାଗତ ସଂଗୀତ ପରିବେଷଣ କରାଯାଇଥିଲା । ଉକ୍ତ କାର୍ଯ୍ୟକ୍ରମକୁ ମଞ୍ଜୁସାହା, ଦିଲ୍ଲୀପ ନନ୍ଦ, ପଂଚାନନ ବେହେରା, ନାରାୟଣ ସାହୁ ପରିଚାଳନାରେ ସହଯୋଗ କରିଥିଲେ । ମାନସି ନାୟକ, ସ୍ନେହା ସାହୁ, ଜୟନ୍ତ ବେହେରା, ଦମୟନ୍ତୀ ସାହୁ, ଗୌରାଙ୍ଗ ଚରଣ ପତି, ଅନୁପ ଧଳ, ସାମ୍ବାଦିକ ଦିଲ୍ଲୀପ କୁମର ଦାସ, ବିଷ୍ଣୁ ଦତ୍ତ ଧଳ, ସଂଜୟ କୁମାର ମହାନ୍ତି, ଜ୍ୟୋସ୍ନା ଚୌଧୁରୀ, ପଦ୍ମନାଭ ଦାସ ପ୍ରମୁଖ ଉପସ୍ଥିତ ଥିଲେ । ସର୍ବଶେଷରେ ସଭା ପରିସମାପ୍ତି ସଂଗୀତ ଅର୍ପିତା ପ୍ରୀୟଦର୍ଶନୀ ଧଳ ପରିବେଷଣ କରିବା ସଙ୍ଗେ ସଙ୍ଗେ ସନ୍ତୋଷ କୁମାର ଦାସ ଧନ୍ୟବାଦ ଅର୍ପଣ କରିଥିଲେ ।

# ଯୋଡାରେ ବିଭତ୍ସ ହତ୍ୟାକାଣ୍ଡ

ଯୋଡା (ପିଏନ୍): ଯୋଡା ପୌରପାଳିକା ଅନ୍ତର୍ଗତ ୬ନଂ ଓ୍ୱାର୍ଡ ବଚୁହାଟିଂରେ ନେପାଳ ତନ୍ତୀ ନାମକ ଏକ ୨୨ ବର୍ଷୀୟ ଯୁବକଙ୍କୁ ଅନ୍ୟ କେତେ ଜଣ ଯୁବକ ସଂଘବଦ୍ଧ ଆକ୍ରମଣ କରି ହତ୍ୟା କରିଥିବା ଘଟଣା ସମଗ୍ର ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି । ଏହି ସଂଘବଦ୍ଧ ଆକ୍ରମଣରେ ନେପାଳ ତନ୍ତୀଙ୍କର ଘଟଣା ସ୍ଥଳରେ ମୃତ୍ୟୁ ଘଟିଥିବା ବେଳେ ତାଙ୍କ ବାପା ନଗେନ୍ଦ୍ର ତନ୍ତୀ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ଜଣାପଡିଛି । ଏହି ଘଟଣାଟିରେ ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଥିବା ବେଳେ ଅଭିଯୁକ୍ତମାନେ ଆତ୍ମଗୋପନ କରିଥିବା ଜଣାପଡିଛି । ଘଟଣାରୁ ପ୍ରକାଶ ଯେ, ସ୍ଥାନୀୟ କ୍ଲବର କିଛି ଯୁବକ ଅନ୍ୟ ଜଣେ ଯୁବକକୁ ଆକ୍ରମଣ କରୁଥିବା ବେଳେ ସମ୍ପୃକ୍ତ ଯୁବକ ଜଣଙ୍କ ନେପାଳ ତନ୍ତୀଙ୍କୁ ଫୋନ ଯୋଗେ ଡକାଇଥିଲେ । ସେ ଏକ ଭୁଜାଲି ଧରି ଘଟଣାସ୍ଥଳରେ ପହଞ୍ଚି ଆକ୍ରମଣକାରୀ ଯୁବକମାନଙ୍କୁ ଧମକ ଦେଇ ଯୁବକ ଜଣଙ୍କୁ ଛଡାଇନେଇଥିଲେ । ଏହାର କିଛି ସମୟ ପରେ ରାତି ପ୍ରାୟ ୯ଟା ବେଳେ ସମ୍ପୃକ୍ତ ଯୁବକମାନେ ମୃତକ ନେପାଳଙ୍କ ଘରକୁ ଯାଇ ତାଙ୍କୁ ଖୋଜାଖୋଜି କରିଥିଲେ । ନେପାଳକୁ ନପାଇବାରୁ ଏହି ଉଶୃଙ୍ଖଳିତ ଯୁବକମାନେ ତାଙ୍କ ବାପାଙ୍କୁ କ୍ଲବକୁ ଟେକି ଆଣି ତାଙ୍କୁ ନିସ୍ତୁକ ମାଡ ମାରିବା ସହ ତାଙ୍କ ବାଡି ଏବଂ ଘରକୁ ଭାଙ୍ଗି ଦେଇଥିଲେ । ପରେ ଖୋଜାଖୋଜି କରି ଘରର କିଛି ଦୂରରେ ହେମଲତା କାରୁଆଙ୍କ ଘର ନିକଟରୁ ନେପାଳଙ୍କୁ ପାଇଯାଇଥିଲେ ଏବଂ ସଂଘବଦ୍ଧ ଭାବେ ତାଙ୍କୁ ଆକ୍ରମଣ କରିଥିଲେ । ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା । ଖବର ପାଇ ଯୋଡା ପୁଲିସ ଏବଂ ବଡବିଲ ଉପଖଣ୍ଡ ପୁଲିସ ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ଏହାର ତଦନ୍ତ ଜାରି ରଖିଛନ୍ତି । ସୂଚନାଯୋଗ୍ୟ, ପୌରନିର୍ବାଚନ ପାଇଁ ହୋଲି ଉତ୍ସବ ପାଳନ ନିମନ୍ତେ ଏକ ରାଜନୈତିକ ଦଳ ବସ୍ତିମାନଙ୍କରେ ପ୍ରବଳ ମଦ ବିତରଣ କରିଥିବା ଜଣାପଡିଥିଲା । ଏହି ମଦର ପ୍ରଭାବରେ ଅନେକ ସ୍ଥାନରେ ଗଣ୍ଡଗୋଳର ସୂତ୍ରପାତ ହେଉଥିବା ସାଧାରଣରେ ଆଲୋଚନା ହେଉଛି । ଏଥିଯୋଗୁଁ ଏପରି କରୁଣ ପରିସ୍ଥିତି ଉପୁଜିଥିବାର ସାଧାରଣରେ ଆଲୋଚନା ହେଉଛି । ଅନ୍ୟପକ୍ଷରେ ନେପାଳ ତନ୍ତୀ ଜଣେ ପେଶାଦାର ଅପରାଧୀ । ଯୋଡା ଥାନାରେ ତାର ଅନେକ ମାମଲା ରହିଛି । ତେବେ ନିର୍ବାଚନର କିଛିଦିନ ପୂର୍ବରୁ ଚାରିଆଡେ ମଦ, ମାଂସର ଆସର ଜମିଥିବା ଦେଖିବାକୁ ମିଳିଥିଲା, ଯାହାଫଳରେ ବିଭିନ୍ନ ସାହି ଓ ବସ୍ତିରେ ଅପ୍ରୀତିକର ପରିସ୍ଥିତିକୁ ଆମନ୍ତ୍ରଣ କରିଥିବା ଜଣାପଡିଥିଲା ।

# ଦି ଗୋଲ୍ଡେନ ଗ୍ରେନ ମଣ୍ଡପ ଉଦ୍‌ଘାଟିତ



କେନ୍ଦୁଝର (ପିଏନ୍): କେନ୍ଦୁଝର ସହର ଆଟୋପୁର ସ୍ଥିତ ଢେଙ୍କାପୁର ଶାସନରେ ଦି ଗୋଲ୍ଡେନ ଗ୍ରେନ ମଣ୍ଡପର ଶୁଭ ଉଦ୍‌ଘାଟନ ହୋଇଯାଇଛି । ଉତ୍ତରାଖଣ୍ଡ ରାଜ୍ୟର ଋଷିକେଶ ଓ ବଦ୍ରିନାଥରୁ ସାଧୁସନ୍ଥମାନେ ଆସି ପୂଜାର୍ଚ୍ଚନା କରିଥିଲେ । ଏହି ଅବସରରେ ସତସଙ୍ଗ, ଭଜନ ସମାରୋହ ଓ ପ୍ରବଚନ ଅନୁଷ୍ଠିତ ହୋଇଥିଲା । ଶୀତତାପ ନିୟନ୍ତ୍ରିତ ଏହି ମଣ୍ଡପରେ ସବୁ ବର୍ଗର ଲୋକଙ୍କ ଚାହିଦାକୁ ଆଖି ଆଗରେ ରଖି ନିର୍ମାଣ କରାଯାଇଛି ବୋଲି ସ୍ୱତ୍ତ୍ୱାଧିକାରୀ ତାରିଣୀ ରଂଜନ ସାହୁ କହିଛନ୍ତି । ଏହି ମଣ୍ଡପରେ ପର୍ଯ୍ୟାପ୍ତ ପାର୍କିଂ ବ୍ୟବସ୍ଥା, ଅଗ୍ନିଶମ ସୁରକ୍ଷା ବ୍ୟବସ୍ଥା ସହିତ ସ୍ୱାସ୍ଥ୍ୟକର ପରିବେଶ ରହିଛି । ମଣ୍ଡପରେ ଏକ ସମୟରେ ଦୁଇଟି କାର୍ଯ୍ୟକ୍ରମ ହୋଇପାରିବା ଭଳି ବ୍ୟବସ୍ଥା ରହିଛି । ବିବାହ, ବ୍ରତଘର, ଜନ୍ମଦିନ, କନଫରେନ୍ସ ଆଦି ପାଇଁ ସୁଲଭ ଦର ରଖାଯାଇଛି ।

# କେନ୍ଦୁଝର ଜିଲ୍ଲା ପ୍ରଶାସନକୁ ଏନଜିଟି ଛାଟ

କେନ୍ଦୁଝର (ପିଏନ୍): କେନ୍ଦୁଝର ଜିଲ୍ଲା ଘଷିପୁରା ତହସିଲ ଅଧିନସ୍ଥ ମଦନପୁର ମୌଜାର ୪୦ ଏକର ପରିମିତ କାଜୁ ଲାଗିଥିବା ଜଙ୍ଗଲ ଜମିରେ ଚାଲିଥିବା ବେଆଇନ ମାଙ୍କଡା ପଥର ଓ ମୋରମ ଖଣିକୁ ନେଇ ଫେବୃଆରୀ ୨୦୧୯ ମସିହାରେ ସ୍ଥାନୀୟ ଅଧିବାସୀ ସୁଧାଂଶୁ ଶେଖର କୁଅଁର ଓ ସମ୍ବିତ କୁମାର କୁଅଁର ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି)ଙ୍କ ଦ୍ୱାରସ୍ଥ ହୋଇଥିଲେ । ଆବେଦନକାରୀଙ୍କ ଅଭିଯୋଗ ଆଧାରରେ ଏନଜିଟି ତଦନ୍ତ ନିମନ୍ତେ ଏକ ଯୁଗ୍ମ କମିଟି ଗଠନ କରିଥିଲେ । ତଦନ୍ତ କମିଟି ରିପୋର୍ଟ ଆଧାରରେ ୭କୋଟି ୩୦ ଲକ୍ଷ ଟଙ୍କା ପରିବେଶ କ୍ଷତି ଭରଣା କରିବାକୁ ଧାର୍ଯ୍ୟ ହୋଇଥିଲା । ମାନ୍ୟବର ଏନଜିଟି କୋର୍ଟ କେନ୍ଦୁଝର ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ ଯେ ଏହି ବେଆଇନ ଚୋରା ଚାଲାଣରେ ଜଡିତ ଥିବା ମାଫିଆମାନଙ୍କୁ ଚିହ୍ନଟ କରି ତାଙ୍କ ବିରୋଧରେ ଅପରାଧିକ ମାମଲା ରୁଜୁ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଏତଦବ୍ୟତୀତ ପରିବେଶଜନିତ କ୍ଷତି ଭରଣା ନିମନ୍ତେ ଜରିମାନା ମାଫିଆଙ୍କ ଠାରୁ ଆଦାୟ କରି ଏହାର ଭରଣା କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଏଥି ମଧ୍ୟରେ ୩ ବର୍ଷ ଅତିକ୍ରାନ୍ତ ହୋଇଥିଲେ ମଧ୍ୟ ଟଙ୍କାଟିଏ ମଧ୍ୟ ମାଫିଆଙ୍କଠାରୁ ଆଦାୟ କରାଯାଇନାହିଁ କିମ୍ବା କୌଣସି ଅଭିଯୁକ୍ତଙ୍କୁ ମଧ୍ୟ ଗିରଫ କରାଯାଇନାହିଁ । ଉକ୍ତ ସ୍ଥାନରେ ଦୀର୍ଘ ୨୦ ବର୍ଷ ହେଲା ବେଆଇନ ଖଣି କାରବାର ହୋଇଆସୁଥିଲା । ମାଫିଆଙ୍କ ସହିତ ସ୍ଥାନୀୟ ପ୍ରଶାସନର ସଲାସୁତୁରାରେ ଏହି ବେଆଇନ ଖନନ ପକ୍ଷରୁ ସ୍ପଷ୍ଟ କରାଯାଇଛି । କେବଳ ଲୋକଦେଖାଣିଆ ଭାବେ ଅଳ୍ପ କିଛି ଗଛ ସରକାରୀ ଅର୍ଥରେ ଚାରା ରୋପଣ କରାଯାଇଛି । ଏନଜିଟି କୋର୍ଟରେ ୧୪ ଫେବୃଆରୀ ୨୦୨୨ ରିଖରେ ଶୁଣାଣୀବେଳେ ଜିଲ୍ଲା ପ୍ରଶାସନର ଏଭଳି ବେପରୁଆ ଏବଂ ଖାମଖିଆଲି ମନୋଭାବ ନୀତିକୁ ଭତ୍ସନା କରିଛି । ଘଷିପୁରା ତହସିଲଦାରଙ୍କ କାର୍ଯ୍ୟପନ୍ଥାକୁ ପ୍ରଶ୍ନବାଚୀ କରିବା ସହିତ ଅପାରଗତା, ଶିଥିଳତାକୁ ନେଇ ବିରକ୍ତି ପ୍ରକାଶ କରିବା ସହ, ତାଙ୍କ ବାର୍ଷିକ ଗୁପ୍ତ ପିକାରେ (ଅପାରଗ) ରେକର୍ଡ କରିବା ପାଇଁ କେନ୍ଦୁଝର ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ୧୫ ମାର୍ଚ୍ଚରେ ହୋଇଥିବା ଶୁଣାଣୀରେ ବିଚାରପତି ଜଷ୍ଟିସ ଅମିତ ଷ୍ଟାଲେକାର ଓ ପରିବେଶ ବିଶେଷଜ୍ଞ ଶୈଳ ଦାସଗୁପ୍ତା ଶୁଣାଣୀ କରି କହିଛନ୍ତି ଯେ, ଆସନ୍ତା ଅପ୍ରେଲ ୨୯ ତାରିଖରେ ଶୁଣାଣୀ ତାରିଖ ଧାର୍ଯ୍ୟ କରି ବ୍ୟକ୍ତିଗତ ଭାବେ କେନ୍ଦୁଝର ଜିଲ୍ଲାପାଳ ହାଜର ହେବାକୁ ମାନ୍ୟବର କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । ଅଦ୍ୟାବଧି ନିର୍ଦ୍ଧାରିତ ପରିବେଶୀୟ କ୍ଷୟକ୍ଷତି ବାବଦକୁ ୭ କୋଟି ୩୦ ଲକ୍ଷ ଟଙ୍କା ଖଣିଚୋରଙ୍କଠାରୁ ଆଦାୟ ହୋଇନଥିବା ବେଳେ ଉକ୍ତ ସ୍ଥାନର ପୂର୍ବାବସ୍ଥା ଫେରାଇ ଆଣିବା ଏବଂ ଦୋଷୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିବାରୁ ଆବେଦନକାରୀଙ୍କ ପାଇଁ ଲଢୁଥିବା ଆଇନଜୀବୀ ଶଙ୍କର ପ୍ରସାଦ ପାଣି ଉଦ୍‌ବେଗ ପ୍ରକାଶ କରିଛନ୍ତି ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪




ଭୁବନେଶ୍ୱର, ୨୦୨୪, ଜୁନ ୨୨

# ଦେବସ୍ନାନ ପୂର୍ଣ୍ଣିମାର ତାତ୍ପର୍ଯ୍ୟ



ପ୍ରଦୀପ୍ତ କୁମାର କର

ଦେବସ୍ନାନ ପୂର୍ଣ୍ଣମୀ ସ୍ନାନ ଉତ୍ସବ ଜ୍ୟେଷ୍ଠ ମାସ ଶୁକ୍ଳ ପକ୍ଷ ପୂର୍ଣ୍ଣମୀ ତିଥିରେ ଶ୍ରୀ କ୍ଷେତ୍ର ରେ ପାଳନ କରାଯାଏ। ଏହି ଦିନ ଚତୁର୍ଦ୍ଧା ମୂର୍ତ୍ତୀ ମାନଙ୍କୁ ପାରମ୍ପରିକ ରୀତି ନୀତି ରେ ବେଦ ଧ୍ୱନି ପୂର୍ବକ ୧୦୮ ଗରା ଜଳରେ ସ୍ନାନ କରାଯାଏ ।ଏହାପରେ ପ୍ରଭୁ ମାନଙ୍କୁ ଗଜାନନ ବେଶ ରେ ସଜ୍ଜିତ କରାଯାଇଥାଏ। ବର୍ଷକ ରେ ଥରେ ପ୍ରଭୁ ମାନେ ସ୍ନାନ ମଣ୍ଡପ ରେ ସ୍ନାନ କରନ୍ତି ଓ ଅନ୍ୟ ଦିନରେ କେବଳ ମନ୍ତ୍ର ସ୍ନାନ କରାଯାଏ।

ଦାରୁ ବ୍ରହ୍ମ ଙ୍କ ଲୀଳା କ୍ଷେତ୍ର ପୁରୁଷୋତ୍ତମ କ୍ଷେତ୍ର ରେ ମହାପ୍ରଭୁ ଙ୍କ ସ୍ନାନ ଉତ୍ସବ ଏକ ଶାସ୍ତ୍ରୀୟ ଭିତ୍ତିଭୂମି ର ଲୀଳା ।ମହାପ୍ରଭୁ ଙ୍କ ଆବିର୍ଭାବ ବେଳେ ପ୍ରଥମେ ଏହି ସ୍ନାନ ହୋଇଥିବାରୁ ଏହାକୁ ମଧ୍ୟ ଶ୍ରୀ ଦାରୁ ବ୍ରହ୍ମ ଙ୍କ ଆଦ୍ୟ ଲୀଳା ବୋଲି ମଧ୍ୟ କୁହାଯାଏ ।ମହାପ୍ରଭୁ ଦାରୁ ବ୍ରହ୍ମ ରୂପ ଧାରଣ କରିବା ପରେ ପ୍ରଥମ ମଙ୍ଗଳମୟ ମୁହୂର୍ତ୍ତରେ ଏହି ସ୍ନାନ ଲୀଳା କରିଥିଲେ ।

ମହାରାଜା ଇନ୍ଦ୍ରଦ୍ୟୁମ୍ନ ସେତେବେଳେ ସ୍ନାନ ମଣ୍ଡପ ନ ଥିବାରୁ ମଞ୍ଚ ନିର୍ମାଣ କରାଯାଇ ତା ଉପରେ ସ୍ନାନ ବିଧି କରାଯାଉଥିଲା ।ଅନେକ ଶାସ୍ତ୍ର ରେ ଏହାକୁ ମଞ୍ଚ ସ୍ନାନ ବୋଲି ଅଭିହିତ କରିଅଛନ୍ତି। ଶାସ୍ତ୍ର ଅନୁଯାୟୀ ୧୦୮ ସୁନା କଳସ ବା ଗରା ରେ ଅଭିମନ୍ତ୍ରିତ ପବିତ୍ର ଜଳରେ ଦାରୁ ବ୍ରହ୍ମ ଙ୍କ ଆଦ୍ୟ ସ୍ଥାନ ଲୀଳା ସମାପନ ହୋଇଥିଲା,ସେହି ଶାସ୍ତ୍ରୀୟ ମତ ଅନୁସରଣ କରି ଆଜିବି ସ୍ନାନ ଉତ୍ସବ ଅତି ଆନନ୍ଦ ଓ ଭକ୍ତି ପୂତ୍ ପରିବେଶ ରେ ପାଳନ କରାଯାଉଛି । ଏହି ସ୍ନାନ ଉତ୍ସବ ରେ ପ୍ରଭୁ ଜାତି , ବର୍ଣ୍ଣ,ଧର୍ମ ନିର୍ବିଶେଷରେ ତାଙ୍କ ଭକ୍ତ ମାନଙ୍କୁ ଦର୍ଶନ ଦେଉଥିବାରୁ କେତେକ ଏହାକୁ ମଧ୍ୟ ପତିତପାବନ ଯାତ୍ରା କହନ୍ତି।।

ସ୍ନାନ ପୂର୍ଣ୍ଣିମା ର ପୂର୍ବଦିନ ପ୍ରଭୁଙ୍କ ସମସ୍ତ ନୀତି କାନ୍ତି ସମ୍ପନ୍ନ ହେବାପରେ ସ୍ୱଳ୍ପ ସମୟ ପାଇଁ ପହୁଡ଼ ନୀତି ହୋଇ ପରେ ପରେ ସ୍ନାନ ପୂର୍ଣ୍ଣିମା ର ବିଧି ଆରମ୍ଭ ହୁଏ।ଏହିଦିନ କୋଠ ସୁଆଂଶିଆ ସେବକ ମାନେ ମନ୍ଦିର ରେ ପ୍ରବେଶ କରି ଚାର ମାଳ ବାନ୍ଧି ,ପ୍ରଭୁଙ୍କ ସେନାପଟା ଓ ବାହୁଟି ନଗୀ କରାନ୍ତି ଓ ରତ୍ନ ସିଂହାସନ ଉପରେ ମଙ୍ଗଳ ଆଳତି ହୁଏ ।

ତାପରେ ଦଇତାପତି ମାନେ ମହାପ୍ରଭୁ ମାନଙ୍କ ପହଣ୍ଡି କରିବା ବେଳେ ମଦନମୋହନ ଙ୍କୁ ମହାଜନ ସେବକ ମାନେ ସ୍ନାନ ମଣ୍ଡପ କୁ ବିଜେ କରାନ୍ତି । ପହଣ୍ଡି ସମୟରେ ଠାକୁର ମାନେ ସାତ ପାହାଚରେ ଚୂଳ ,ଓ ଟାହିଆ ଲାଗି ହୁଅନ୍ତି ଓ ଏହି ସାତ ପାହାଚରେ ହିଁ ଦ୍ୱିତୀୟ ଥର ମଙ୍ଗଳ ଆଳତି ହୁଏ ବନ୍ଦାପନା ପରେ ରଘୁଦାସ ମଠରୁ ଆସିଥିବା ଘସା ନାଗି ହୋଇ ପନ୍ତି ଖାଇ ଖାଇ ଠାକୁର ମାନେ ସ୍ନାନ ବେଦୀ କୁ ବିଜେ କରନ୍ତି।ସୁଆର , ବଡୁ ଆମୁଣିଆ ପାଣି ଛିନନ୍ତି ଗରାବଡୁ ସ୍ୱର୍ଣ୍ଣ କଳସ ଧରି ସିତଳା ମାତା ଙ୍କ ମନ୍ଦିର ସାମନା ରେ ଥିବା ସୁବର୍ଣ୍ଣ କୂପ ରୁ ଜଳ ଆଣନ୍ତି ।ଏହି କୂପ ସାରା ବର୍ଷ ଅବ୍ୟବହୃତ ହୋଇ ରହିଥାଏ ଓ କିମ୍ବଦନ୍ତୀ ରହିଛି ଯେ ମା ଶିତଳା ଙ୍କ ସିଂହ ଏହାକୁ ଜଗି ରହିଛି । ବର୍ଷ ସାରା ଏହି କୂପ ର ଜଳ ବ୍ୟବହାର ହେଉଥିବାରୁ ଏହାକୁ ମଧ୍ୟ ଅଣତୁଠ ଜଳ ବୋଲି କୁହାଯାଏ। ଏହି ଜଳକୁ ଆଣି ତାକୁ ଅଭିମନ୍ତ୍ରିତ କରି ସେଥିରେ ୧୩ ଗୋଟି ପଦାର୍ଥ ମିଶ୍ରଣ ହୁଏ । ସେଗୁଡିକ ହେଲା ଅଷ୍ଟବନ୍ଧ ,କୃଷ୍ଣ ଆଗୁର ,ଉଷିର , ଗୋରଚନା , ଦେବଦାରୁ , ମୁଥା,ହରିତାଳ ,ବାହାଡ଼ା ,ଆମଳକି , ସଂଜିଷ୍ଠା, ତାମ୍ବ୍ରପର୍ଣ୍ଣ,ଶୋମପର୍ଣ୍ଣ ,ଓ ଲୋଧା ।ଏହା ପରେ ସେହି ସୁଗନ୍ଧ ଜଳରେ ପ୍ରଭୁ ମାନେ ସ୍ନାନ କରନ୍ତି। ଏହି ୧୦୮ ଗରା ରୁ ୩୩ ଗରା ପ୍ରଭୁ ବଳଭଦ୍ର ,୩୫ ଗରା ପ୍ରଭୁ ଜଗନ୍ନାଥ ,୨୨ ଗରା ମା ସୁଭଦ୍ରା ଓ ପ୍ରଭୁ ସୁଦର୍ଶନ ୧୮ ଗରା ଜଳରେ ସ୍ନାନ କରନ୍ତି। ଏହା ପରେ ରଘୁଦାସ ମଠରୁ ମା ସୁଭଦ୍ରା ଙ୍କ ପାଇଁ ଫୁଲଚୂଳ,ଚନ୍ଦ୍ରିକା ଓ ଛତ୍ରି ନାଗୀ କରାଯାଇ ଗୋପାଳ ତୀର୍ଥ ମଠ ଦ୍ୱାରା ଶ୍ରୀ ବଳଭଦ୍ର,ଶ୍ରୀ ଜଗନ୍ନାଥ ଙ୍କୁ ଗଜାନନ ବେଶ ଓ ସୁଦର୍ଶନ ଙ୍କୁ ଚକ୍ର ନାଗି କରାଯାଏ ।

ତାପରେ ପ୍ରଭୁ ମାନେ ପୁଣି ଗୋଟି ପହଣ୍ଡି ରେ ଶ୍ରୀ ମନ୍ଦିର ଭିତରକୁ ଫେରନ୍ତି କିନ୍ତୁ ରତ୍ନ ସିଂହାସନ ଆରୋହଣ ନ କରି ଭିତର କାଠ ପାଖ ଅଣସର ପିଣ୍ଡିରେ ବିଜେ କରନ୍ତି ତାଙ୍କ ସମାନ ରେ ତାଟି ବାନ୍ଧି ଦିଆଯାଏ ଓ ସେଠାରେ ପଟି ଦିଅଁ ଙ୍କୁ ରଖି ପୂଜା କରାଯାଏ ।ଏଠାରେ ଠାକୁର ମାନେ ସ୍ନାନ ପୂର୍ଣ୍ଣମୀ ରୁ ନେତ୍ର ଉତ୍ସବ ପର୍ଯ୍ୟନ୍ତ ୧୫ ଦିନ ଜ୍ୱର ରେ ପଡନ୍ତି। ଏହି ସମୟେ ରେ ଠାକୁର ମାନଙ୍କୁ କେବଳ ଖେଚେଡ଼ି ଭୋଗ ଲାଗି ହୁଏ । ଏହି ମନ୍ଦିର ବନ୍ଦ୍ ରହୁ ଥିବାରୁ ଭକ୍ତ ମାନେ ପୁରୀ ନିକଟରେ ଥିବା ଅଲାରନାଥ ଙ୍କ ଦର୍ଶନ ପାଇଁ ଚାଲି ଯାଆନ୍ତି। ସ୍ନାନ ପୂର୍ଣ୍ଣିମା ରେ ଠାକୁର ମାନଙ୍କ ଗଜାନନ ବେଶ ଉପରେ ଏକ ଭକ୍ତି ଭାବ ନିଦର୍ଶନ ତଥା ପ୍ରଭୁ ଙ୍କ ଭକ୍ତ ବତ୍ସଳ ର ପ୍ରମାଣ ମିଳେ ।ଥରେ ମହାରାଷ୍ଟ୍ର ର ଏକ ପ୍ରଭୁ ଗଣେଶ ଙ୍କ ଅତ୍ୟନ୍ତ ଭକ୍ତ ଶ୍ରୀ ଗଣପତି ଭଟ୍ଟ ଶ୍ରୀ କ୍ଷେତ୍ର ର ମହିମା ଶୁଣି ପ୍ରଭୁ ଙ୍କ ଦର୍ଶନ ପାଇଁ ଆସି ରତ୍ନ ସିଂହାସନ ରେ ତାଙ୍କର ଇଷ୍ଟ ଦେବତା ଶ୍ରୀ ଗଜାନନ ଙ୍କୁ ନ ଦେଖି ପ୍ରଭୁଙ୍କୁ ପରଂବ୍ରହ୍ମ ବୋଲି ଅସ୍ୱୀକାର କରି ମନ୍ଦିର ବାହାରକୁ ଚାଲି ଆସିଲେ । ତା ପରଦିନ ପ୍ରଭୁ ଙ୍କ ସ୍ନାନ ଯାତ୍ରା ଥିଲା ଓ ପ୍ରଭୁ ବଡ ପଣ୍ଡା ଙ୍କ ନିର୍ଦ୍ଦେଶ ଦେଲେ ଯେ ସେ ଗଣପତି ଭଟ୍ଟ ଙ୍କୁ ଆମନ୍ତ୍ରଣ କରି ସ୍ନାନ ମଣ୍ଡପରେ ତାଙ୍କୁ ଦର୍ଶନ କରିବା ପାଇଁ ।କିନ୍ତୁ ଯେତେବେଳେ ଗଣପତି ଭଟ୍ଟ ସ୍ନାନ ମଣ୍ଡପ ରେ ପହଞ୍ଚିଲେ ସେ ଦେଖିଲେ ଯେ ତାଙ୍କ ସମ୍ମୁଖ ରେ ତାଙ୍କ ଆରାଧ୍ୟ ସ୍ୱୟଂ ପ୍ରଭୁ ଗଜାନନ ସ୍ନାନ ମଣ୍ଡପରେ ଏହା ଦେଖି ସେ ସ୍ତମ୍ଭିଭୂତ ହୋଇଗଲେ ଓ ତାଙ୍କର ଅନ୍ତର ଚେତନା ଜାଗ୍ରତ ହୋଇଗଲା ସେ ନିଜକୁ ଓ ପ୍ରଭୁ ଙ୍କୁ ଠିକ୍ ବୁଝିପାରିଲେ । ପ୍ରଭୁ ସର୍ବଦା ଭକ୍ତର ହୃଦୟ ରେ ଥାଆନ୍ତି ଓ ସେ ଭକ୍ତର ଅଧୀନ । ସେହି ଦିନ ଠାରୁ ବିଶ୍ୱନିୟନ୍ତାଙ୍କ ନିର୍ଦ୍ଦେଶ ରେ ପ୍ରତି ସ୍ନାନ ପୂର୍ଣ୍ଣିମା ରେ ପ୍ରଭୁ ମାନଙ୍କ ଗଜାନନ ବେଶ ହୁଏ ଏହା ଏବେ ବି ଚାଲିଛି ଓ ଯୁଗ ଯୁଗ ପାଇଁ ଚାଲିଥିବ । ପ୍ରଭୁ ସର୍ବଦା ଭକ୍ତର ସେ ଗୋଟିଏ ପାଦ ପ୍ରଭୁଙ୍କ ପାଖକୁ ଆଗେଇ ଆସିଲେ ପ୍ରଭୁ ଦସ ପାଦ ଆଗେଇ ଆସି ଭକ୍ତ ଙ୍କ କୋଳେଇ ନିଅନ୍ତି। ।

ପ୍ଲଟ ନଂ ୨୫
ସୂର୍ଯ୍ୟ ନଗର, ଭୁବନେଶ୍ୱର
ମୋ:୯୪୩୭୦୮୪୩୧୨

# ଅଥ ଯୋଗାନୁଶାସନମ୍



ବାଦଲ ଭୂୟାଁ

'ଓଁ ଭୁର୍ଭବଃ ସ୍ୱଃ ତତ୍ସବିତୁର୍ବରେଣ୍ୟଂ ଭର୍ଗୋଦେବସ୍ୟ ଧୀମହି ଧିୟୋ ଯୋନଃ ପ୍ରଚୋଦୟାତ୍।' ପ୍ରଥମେ ପ୍ରାଚୀନ ଯୋଗର ଉଦ୍ଭବ ହୋଇଥିଲା ବେଦରୁ। ବେଦାନ୍ତ ତତ୍ତ୍ୱର ତିନୋଟି ଗ୍ରନ୍ଥ, ଯଥା – ଉପନିଷଦ (ଶ୍ରୁତି), ବ୍ରହ୍ମସୂତ୍ର (ନ୍ୟାୟ) ଏବଂ ଶ୍ରୀମଦ ଭଗବତ ଗୀତା (ସ୍ମୃତି)ରେ ଏଇ ଯୋଗତତ୍ତ୍ୱ ନିହିତ। ଏହି ଯୋଗ ପୂର୍ଣ୍ଣ ସକ୍ରିୟତା ମଧ୍ୟରେ ମହାଭାରତର ଯୁଦ୍ଧଭୂମି କୁରୁକ୍ଷେତ୍ରରେ ଶ୍ରୀକୃଷ୍ଣଙ୍କ ମୁଖରୁ ଗୀତା ରୂପେ ମୁଖରିତ ହୋଇଥିଲା। ପତଞ୍ଜଳି ଯୋଗସୂତ୍ରରେ ଏହା ନିଜର ସୁବ୍ୟବସ୍ଥିତ ରୂପ ପାଇପାରିଛି। ଏବେ ସେଇ ବେଦ, ଉପନିଷଦ, ଗୀତା ପ୍ରତିପାଦିତ ଯୋଗ ଦର୍ଶନ (ବ୍ରହ୍ମବିଦ୍ୟା) ଆସି ମତର୍ଣ୍ଣ ଯୋଗରେ ପହଞ୍ଚିଛି। ଭୌତିକବାଦର ଅବାଞ୍ଛନୀୟ ଅଭିବୃଦ୍ଧି ଯୋଗୁଁ ଉତ୍ପନ୍ନ ହୋଇଥିବା ସମସ୍ୟାର ବିଚିତ୍ର ପ୍ରତିକ୍ରିୟା ସ୍ୱରୂପ ଯୋଗବିଜ୍ଞାନ ପ୍ରତି ଦେଶ ବିଦେଶରେ ଆକର୍ଷଣ ଦେଖାଦେଇଛି। ଆଜିର ସମୟରେ ଆମ ଶରୀର ପାଇଁ ଯୋଗାଭ୍ୟାସ ବେଶ ଗୁରୁତ୍ୱପୂର୍ଣ୍ଣ। ଏହା ରୋଗ ପ୍ରତିରୋଧକ ଶକ୍ତି ବଢ଼ାଇବା ସହ ନିରୋଗ ରହିବାରେ ସାହାଯ୍ୟ କରେ। ଭାରତ ହେଉଛି ଯୋଗର ଉତ୍ପତ୍ତିସ୍ଥଳ। ପୂର୍ବେ ଆଜୀବନ ସୁସ୍ଥ ରହିବା ପାଇଁ ଭାରତୀୟମାନେ ନିୟମିତ ଯୋଗାଭ୍ୟାସ ଓ ଧ୍ୟାନ ଆଦି କରୁଥିଲେ। କିନ୍ତୁ ପାଶ୍ଚାତ୍ୟ ପ୍ରଭାବିତ ଆଧୁନିକ ଜୀବନଶୈଳୀରେ ଏହା ସତ୍ତା ହରାଇଥିଲା। ହେଲେ ଆଜିକାଲିର ଚାପଗ୍ରସ୍ତ ଜୀବନରେ ପୁଣି ଏହାର ଆବଶ୍ୟକତା ପୁରା ବିଶ୍ୱ ଉପଲବ୍ଧି କଲାଣି। ଏବେ ଭାରତୀୟ ଯୋଗଶୈଳୀ ସହ ପାଶ୍ଚାତ୍ୟ ଚିନ୍ତାଧାରା ସମ୍ମିଶ୍ରିତ ଯୋଗଶୈଳୀ ଲୋକପ୍ରିୟ ହେଉଛି। ସେହିଭଳି କିଛି ଅଭିନବ, କୌତୁକିଆ ଓ ଅଜବ ଯୋଗଶୈଳୀ ସଂପର୍କରେ କିଛି କଥା ଲେଖୁଛୁ। ଆଜିର ଯୁବପିଢ଼ି ଯୋଗର ନୂଆ ଦିଗକୁ ପସନ୍ଦ କରୁଛନ୍ତି। ଡୋଗା ଓ ଗୋଟା ପରି ଅନେକ ନୂତନ ଶୈଳୀର ଯୋଗ ଏବେ ପ୍ରଚଳିତ ହେଉଛି। ଆମର ଦଉଡି ଯୋଗ, ଚକ ଯୋଗ, ବାଡ଼ି ଯୋଗ, ଚଉକି ଯୋଗ ବେଶ ଲୋକପ୍ରିୟ। ତେବେ ପାରମ୍ପରିକ ଆସନ ଅପେକ୍ଷା ବିଦେଶରୁ ଆସୁଥିବା ନୂଆ ନୂଆ ଆସନ ଆଜିର ଟ୍ରେଣ୍ଡ ପାଲଟିଗଲାଣି। ଯୋଗର ପରିବର୍ତ୍ତିତ ତଥା ଆଧୁନିକ ରୂପକୁ ଆଜିର ଯୁବପିଢ଼ି ବେଶ ପସନ୍ଦ କରୁଛନ୍ତି। ବାଡ଼ି ଯୋଗରେ ବାଡ଼କୁ ଦୁଇବାହୁରେ ଧରି ଆସନ କରାଯାଉଥିବାରୁ ବାହୁ ମାଂସପେଶୀ ଦୃଢ ହୋଇଥାଏ। ସେହିପରି ଚକ ବା ହ୍ୱିଲ ଯୋଗରେ ଚକ ଉପରେ ପିଠି ମାରି ଶୋଇ, ଗୋଡ଼କୁ ସିଧା ରଖାଯାଏ ଓ ହାତକୁ ତଳକୁ ଖୋଲି କରି ରଖାଯାଏ। ନିଃଶ୍ୱାସ ନେଇ ଆଗକୁ ପିଠିରେ ଠେଲିବା ଓ ନିଃଶ୍ୱାସ ଛାଡ଼ି ପୁଣି ପଛକୁ ଫେରିବାକୁ ହୁଏ। ଏଥିରେ ଅଣ୍ଟା ସମସ୍ୟା ଦୂର ହୋଇଥାଏ। ଏହିପରି ବହୁତ ଯୋଗ ଅଛି ଯାହା ଆଜିର ଜୀବନଶୈଳୀ ସମସ୍ୟାର ପ୍ରତିକାର କରୁଛି। ଏରିଏଲ ଯୋଗ ଟି ହେଉଛି ଏବେ ଚଟାଣ ପରିବର୍ତ୍ତେ ଘରର ସିଲିଂ ହୁକରୁ ବନ୍ଧା ଯାଇଥିବା ବେଲ୍ଟ କିମ୍ବା ଦୋଳିରେ ଝୁଲି ଅଭିନବ ଶୈଳୀର ଯୋଗଭ୍ୟାସ କରାଯାଉଛି। ପାରମ୍ପରିକ ଯୋଗମୁଦ୍ରା ସହ ଏଥିରେ ନୃତ୍ୟର ସମ୍ମିଶ୍ରଣ କରାଯାଇଛି। ଷ୍ଟାର ଇନଭର୍ସନ ପୋଜ, ଆଣ୍ଟି ଗ୍ରାଭିଟି ବାରିୟର ପୋଜ, କ୍ରସ ପୋଜିସନ ଓ ଓ୍ୱାନ୍ ଲେଗଡ଼ କିଙ୍ଗ ପିଜନ୍ ପୋଜ ଆଦି ଏହାର ସ୍ୱାତନ୍ତ୍ର୍ୟ। ଏହି ପ୍ରଣାଳୀରେ ପୁରା ଶରୀରର ଷ୍ଟ୍ରେଚିଂ ଓ ବେଣ୍ଡିଂ ହେଉଥିବାରୁ ମାଂସପେଶୀ ଓ ଆଣ୍ଠୁଗଣ୍ଠି ଶକ୍ତ ହୁଏ। ମେରୁଦଣ୍ଡ ଚାପମୁକ୍ତ ହେବା ସହ ରକ୍ତ ସଂଚାଳନ ବୃଦ୍ଧି ଯୋଗୁ ଶ୍ୱାସକ୍ରିୟା ଓ ହଜମ ଭଲ ହୋଇଥାଏ। ସେହିପରି ଡଗ୍ ଯୋଗ ବା ଡୋଗା ହେଉଛି ଡଗ୍ ଯୋଗ ବା ଡୋଗା କୁହାଯାଉଥିବା ଏହି ଯୋଗ କୁକୁର ସହ ମିଶି କରାଯାଏ। ଏହା ସାଧାରଣତଃ ଦୁଇ ପ୍ରକାରର। ଗୋଟିଏରେ କୁକୁରକୁ ସମ୍ପର୍କ ମଜଭୁତ ହୋଇଥାଏ। ଜନୈକା ଯୋଗ ଶିକ୍ଷୟିତ୍ରୀ ସୁଜି ଟିଟେଲମ୍ୟାନ ଏହାର ପରିକଳ୍ପନା କରିଥିଲେ। ଏହାର ମୁଦ୍ରାଗୁଡ଼ିକ ମଧ୍ୟରେ ଡାଉନଓ୍ୱାର୍ଡ଼ ଡଗ, କ୍ରିସେଣ୍ଟ ଲଙ୍ଗ, ହ୍ୱିଲବାରୋ ପୋଜ ଏବଂ ଫରଓ୍ୱାର୍ଡ଼ ଫୋଲ୍ଡ ଅନ୍ୟତମ। ଗ୍ଲୋ ଫ୍ଲୋ ଯୋଗ ହେଉଛି ଯେଉଁମାନଙ୍କୁ କ୍ଲବ ଯିବାକୁ ଭଲ ଲାଗେ ଏବଂ ତା ସହ ଯୋଗ କରି ଶରୀରକୁ ସୁସ୍ଥ ରହିବାର ଝୁଙ୍କ ଥାଏ ସେମାନେ ଏହି ଯୋଗ କରିପାରିବେ। ଗ୍ଲୋ ଓ ଫ୍ଲୋ ଏକ ମଜାଦାର ପ୍ରକ୍ରିୟା। ଗ୍ଲୋ ଯୋଗ ଏକ ଅନ୍ଧାର କୋଠରିରେ କରାଯାଏ। ଯୋଗ କରୁଥିବା ପୁରୁଷ ଓ ମହିଳା କୌତୁକିଆ ତଥା ଉଜ୍ଜ୍ୱଳ ପରିଚ୍ଛଦ ଓ ଅଳଙ୍କାରରେ ସଜ୍ଜିତ ହୁଅନ୍ତି। ଏହାପରେ ନିୟନ ଆଲୋକରେ ଡିଜେର ତାଳେ ତାଳେ ବିଭିନ୍ନ ମୁଦ୍ରା ଅଭ୍ୟାସ କରନ୍ତି। କ୍ଲବ ପରିବେଶରେ ଯୋଗ ଏହାର ସ୍ୱାତନ୍ତ୍ର୍ୟ। ସେହିପରି ଫ୍ଲୋ ବା ପ୍ରବାହ ଯୋଗରେ ମାନସିକ ଚାପ କମ ହୁଏ। ଏହାର କିଛି ମୁଦ୍ରା ମନ ପାଇଁ ଉତ୍କୃଷ୍ଟ ହୋଇଥିବାବେଳେ ଅନ୍ୟ କେତେକ ଶରୀରକୁ ସୁନ୍ଦର କରିବା ପାଇଁ ଉଦ୍ଦିଷ୍ଟ। ଭନିଆସା ଫ୍ଲୋ ଓଜନ କମାଇବା ପାଇଁ ଅତି ଉତ୍ତମ ବୋଲି କୁହାଯାଏ। ଭାସମାନ ଯୋଗ ହେଉଛି ଭୂମି ନୁହେଁ, ପାଣି ଉପରେ ଏକ ଭାସମାନ ଯୋଗ ଏବେ ଲୋକପ୍ରିୟ ହେଉଛି। ପାଣିରେ ଏକ ପେନାଲ ବୋର୍ଡ଼ ଉପରେ ଏହି ଯୋଗ କରାଯାଏ। ସାଧାରଣ ଭାବେ ହ୍ରଦ ଓ ପୋଖରୀରେ ଏହି ଯୋଗ କରାଯାଉଥିବା ବେଳେ କେହି କେହି ସୁଇମିଂ ପୁଲରେ ବି କରନ୍ତି। ଯୋଗାଭ୍ୟାସ କାଳରେ ନିଜ ଉପରେ ଓ ପେଡ଼ାଲ ବୋର୍ଡ ଉପରେ ନିୟନ୍ତ୍ରଣ ରହିବା ନିହାତି ଜରୁରୀ। ହାଓ୍ୱାଇରୁ ଆରମ୍ଭ ହୋଇଥିବା ଏହି ଯୋଗ ଏକାସଙ୍ଗରେ ଏକାଧିକ ମାଂସପେଶୀକୁ ପ୍ରଭାବିତ କରିଥାଏ। ଅଭ୍ୟାସ ସମୟରେ ବାହୁ, କାନ୍ଧ ଏବଂ ପିଠିର ମାଂସପେଶୀରେ ଚାପ ପଡ଼େ, ଯାହାଦ୍ୱାରା ଏହା ଶକ୍ତ ହୋଇଥାଏ। ସମ୍ପ୍ରତି ଭାରତର ଶାଶ୍ୱତ ଯୌଗିକ ପଦ୍ଧତିଗୁଡ଼ିକ ବିକଳ୍ପ ଚିକିତ୍ସା ପଦ୍ଧତି ବା ମତ୍ତର୍ଣ୍ଣ ଯୋଗ ରୂପରେ ସମଗ୍ର ପୃଥିବୀରେ ଲୋକପ୍ରିୟ ହେବାରେ ଲାଗିଛି। ଏହି କ୍ରମରେ ପ୍ରଭାବଶାଳୀ ସାବ୍ୟସ୍ତ ହୋଇଥିବା କେତୋଟି ଚିକିତ୍ସା ପଦ୍ଧତି ହେଉଛି – ଆସନ, ପ୍ରାଣାୟାମ, ଧ୍ୟାନ, ଯୋଗନିଦ୍ରା, ଅତୀନ୍ଦ୍ରିୟ ଶକ୍ତିର ପ୍ରୟୋଗ, ସମ୍ମୋହନ, ଟେଲିପାଥି, ଯଜ୍ଞୀୟ ଚିକିତ୍ସା ପଦ୍ଧତି, ସିଦ୍ଧଚିକିତ୍ସା ପଦ୍ଧତି, ରେକୀ, ପ୍ରାଣିକ ହିଲିଙ୍ଗ, ଆକ୍ୟୁପ୍ରେସର ଇତ୍ୟାଦି। ଏବେ ଆଧୁନିକ ବୈଜ୍ଞାନିକଗଣ ଏହିସବୁ ପଦ୍ଧତିରେ କି ସତ୍ୟତା ରହିଛି ଜାଣିବା ପାଇଁ ନିଜର ଯନ୍ତ୍ରପାତି ଏବଂ ଉପକରଣ ଦ୍ୱାରା ତାହାର ଉପଯୋଗିତା ପରୀକ୍ଷା କରିବାରେ ଲାଗିପଡ଼ିଛନ୍ତି। ସେଥିରୁ ପ୍ରାପ୍ତ ସୁଫଳକୁ ଦେଖି ସେମାନେ ମୁକ୍ତ କଣ୍ଠରେ ସ୍ୱୀକାର କରୁଛନ୍ତି – ଭାରତର ଯୌଗିକ ପଦ୍ଧତି ଦ୍ୱାରା କେବଳ ମାନବର ସ୍ୱାସ୍ଥ୍ୟ ସମସ୍ୟା ନୁହେଁ, ସାମଗ୍ରିକ ସମସ୍ୟା ମଧ୍ୟ ସମାଧାନ ହୋଇପାରିବ। ବହୁ ଆଧୁନିକ ଚିକିତ୍ସାବିଜ୍ଞାନୀ ପରିଣାମରେ ଆଶ୍ଚର୍ଯ୍ୟଚକିତ ହୋଇ ଏବେ ବିଭିନ୍ନ ଅସାଧ୍ୟ ରୋଗ କ୍ଷେତ୍ରରେ ଏହାକୁ ପ୍ରୟୋଗ କରି ଆଶାତୀତ ଫଳ ପାଉଛନ୍ତି। ଏଥିରେ ରୋଗୀକୁ ଯେମିତି ଆରୋଗ୍ୟ ମିଳୁଛି, ସେମିତି ଶାନ୍ତି ଏବଂ ଆନନ୍ଦ ମିଳୁଛି। ଶରୀର ମନର ସନ୍ତୁଳନ, ବ୍ୟକ୍ତିତ୍ୱର ବିକାଶ ଏବଂ ଲକ୍ଷ୍ୟ ହାସଲ ଆଦି ବହୁକଥା ଏହିସବୁ ପ୍ରକ୍ରିୟା ମାଧ୍ୟମରେ ପ୍ରାପ୍ତ ହୋଇପାରୁଛି।

*ପ୍ରତିଷ୍ଠାତା, ସମ୍ପାଦକ 'ସିଂହଭୂମ୍',*
*ପୁରୁଣା ସୋନାରି, ଜାମସେଦପୁର,*
*ଦୂରଭାଷ : ୭୪୮୮୯୯୮୫୩୨*

# ଠାକୁରଙ୍କ କି ଦୋଷ ?



ଉତ୍କଳାନନ୍ଦ ଅଜୟ କୁମାର ବେହେରା

ଦେଖାଯାଉଛି, ଏକ ଗ୍ରାମ ଏକ ଭୂମିରେ ଦୁଇଜଣ ଦୁଇପକ୍ଷ ବାଦୀ ପ୍ରତିବାଦୀ ହୋଇ ମକଦ୍ଦମା ଲିପ୍ତ। ଏମିତିକି ଦେଖାଯାଏ ସେମାନେ ପାଞ୍ଜି ଦେଖି ହେଉ ବା କୌଣସି ଜ୍ୟୋତିଷଙ୍କ ଭକ୍ତିରେ ଘରୁ ଅନୁକୂଳ ଭଲ ସମୟ ଅମୃତ ମାହେନ୍ଦ୍ରା ସମୟରେ ବାହାରିଥାନ୍ତି। ପୁଣି ଯେଉଁ ସ୍ଥାନରୁ ବାହାରନ୍ତି ସେଠାରୁ କଚେରୀ ସମୟରେ ପହଞ୍ଚିବା ବେଳକୁ ସଠିକ ସମୟରେ ପହଞ୍ଚିବା ପାଇଁ ବେଳେ ବେଳେ ଏକ ଯାନରେ ଯାତ୍ରା କରନ୍ତି। ହେଲେ ଜଣଙ୍କ ସପକ୍ଷରେ ହିଁ ନ୍ୟାୟ ଯାଏ। ଏକ ଗ୍ରାମର ଗ୍ରାମ ଦେବତା ଦେବତୀଙ୍କୁ ଉଭୟ ମନାସୀ ଭକ୍ତିପୂତ ପ୍ରଣାମ ଦଣ୍ଡବତ କରି ଅଦାଲତକୁ ବାହାରିଥାନ୍ତି। ଦୁଇଜଣ ବାଦୀ ପ୍ରତିବାଦୀଙ୍କ ଓକିଲ ଏକ ଧରଣର ପାଠ ଏକ ସିଲାବସରେ ଏମିତିକି ଏକ କଲେଜରେ ସମାନ ବହିର ପାଠ ପଢ଼ିଥାନ୍ତି ଏଥିରେ ଜଣେ କାମକା ହୁଅନ୍ତି ଜଣେ ନିଷ୍ଫଳ ହୁଅନ୍ତି। ଆଇନ ବିଦ୍ୟା ତ ସରସ୍ୱତୀଙ୍କର ଦପ୍ତରର ଏକ ଅଙ୍ଗ ଉଭୟ ସରସ୍ୱତୀଙ୍କ ଉପାସକ ହେଲେ ଜିତିବା ହାରିବାରେ ଏଠି ସ୍ୱର ଦେବୀ ମାଆଙ୍କ ଉଦ୍ଦେଶ୍ୟରେ ଉଠାଇବା କେବେ ଶୁଣାଯାଇଛି କି ? ମାଆ ଅନ୍ନପୂର୍ଣ୍ଣା ବା ମହାଲକ୍ଷ୍ମୀ ସମସ୍ତଙ୍କ ଭୋଜନ ବ୍ୟବସ୍ଥା କରିଛନ୍ତି। ଭାଇଠାରୁ ଐରାବତ ଯାଏ ସମସ୍ତଙ୍କୁ ସେ ଖାଦ୍ୟ ଯୋଗାଉଥିବାରୁ ମନୁଷ୍ୟମାନେ ଏହା ଭିତରେ ଅଛନ୍ତି। ଜଣେ ଥିଲାବାଲା ଲୋକର ଭୋଜନରେ କେତେ ପ୍ରକାର ରକମ ଖାଉଛନ୍ତି ତ ଜଣେ ଦରିଦ୍ର ଅଭାବଗ୍ରସ୍ ମୁଠିଏ ଅନ୍ନ ଖଣ୍ଡିଏ ଶୁଖାରୁଟି ଖାଇ ପ୍ରାଣଧାରଣ କରୁଛି। ଏଥିରେ କେହି ଅନ୍ନପୂର୍ଣ୍ଣାଙ୍କୁ ଦୋଷ ଦେଉଛନ୍ତି କି ? ସମସ୍ତେ ନିଜ ନିଜର ପ୍ରାରବ୍ଧାଦି କର୍ମଫଳର ଉପଭୋକ୍ତା। ମଙ୍ଗଳ କାର୍ଯ୍ୟରେ ସର୍ବମଙ୍ଗଳା ପ୍ରତି ମୁକାମରେ ବାଟମଙ୍ଗଳା ବା ବଟଗଛ ମୂଳରେ ପୂଜତି ବାଟ ମଙ୍ଗଳା ଏହାଙ୍କର ପ୍ରଥମ ମଙ୍ଗଳା ପୂଜା ଦିଅଁ ମଙ୍ଗୁଳା ନହେଲେ ଗୃହରେ ବିବାହ ବ୍ରତ ଗୃହ ପ୍ରତିଷ୍ଠା ଯଜ୍ଞାଦି କାର୍ଯ୍ୟ ହେଉନାହିଁ। ଦେବୀ ମାଆ ସମସ୍ତଙ୍କ ମାଆ ଯଦି ହୁଅନ୍ତି ତେବେ ଗ୍ରାମର ମୁକାମର ସମସ୍ତେ କାହିଁକି ଏକ ପ୍ରକାରରେ ଚଳୁନାହାଁନ୍ତି। ସମସ୍ତଙ୍କର ରୋଜଗାର ଏକାପରି ନୁହଁକି ଧନ ଦୌଲତ ଉପଭୋକ୍ତା ଏକାପରି ନୁହଁ। ମଙ୍ଗଳକୃତ୍ୟ ସମସ୍ତଙ୍କର ସମାନ ପ୍ରକାର ଆୟୋଜନରେ ନୁହଁ। ଗ୍ରାମ ଦେବା ଦେବୀଙ୍କର ନାଁକୁ ମାତ୍ର ଉପାସନାକାରୀ ସମସ୍ତେ ଏଥିରେ କିଏ ପ୍ରକୃତ ଭକ୍ତିରେ ପୂଜା କରିବା ବ୍ୟକ୍ତି ବିରଳ।ମଣ୍ଡଳ ଦେବତୀ ଆମ ଓଡ଼ିଶାରେ କୁହାଯାଏ ଅଷ୍ଟକିଳା, ଶାରଳା ମଙ୍ଗଳା, କଟକ ଚଣ୍ଡୀ, ସମଲାଇ, ବିମଳା, ବିରଜା, ଭଗବତୀ ପରି ଦେବୀ ମାଆଙ୍କ ସହିତ ତାରିଣୀ, ତାରାତାରିଣୀ, ନାରାୟଣୀ, ଉଗ୍ରତାରା, କାଳିଜାଇ, ସୁରେଶ୍ୱରୀ, ଘଣ୍ଟେଶ୍ୱରୀ, ରାମଚଣ୍ଡୀ, ଧାମରାଇ କନକ ଦୁର୍ଗା, ଭଦ୍ରକାଳୀ, ହରଚଣ୍ଡୀଙ୍କ ପରି ଅନେକ ଦେବୀ ପୀଠକୁ ମହିମାମୟୀ ଅନେକ ଠାକୁରାଣୀ ବିଭିନ୍ନ ସ୍ଥାନରେ ଲୋକଙ୍କର ବିଶ୍ୱାସର ମୂଳରେ ଅଛନ୍ତି। ପ୍ରତି ଶିବ ମନ୍ଦିରରେ ଗୌରୀ ପାର୍ବତୀ ଅନ୍ନପୂର୍ଣ୍ଣା ବି ପୀଠେଶ୍ୱରୀ ଏମାନଙ୍କୁ ସର୍ବତ୍ର ପୂଜା କରି ପ୍ରତ୍ୟେକ ମାଙ୍ଗଳିକ କାର୍ଯ୍ୟରେ ଲୋକେ ଆଗେଇବା ପରମ୍ପରା ଦେଖାଯାଉଛି। କୁହାଯାଏ ଏମାନେ ଶକ୍ତି ସ୍ୱରୂପିଣୀ ଶକ୍ତି ଆହରଣ କରି ରାବଣ ଯୁଦ୍ଧକୁ ବାହାରିଥିଲେ। ଶ୍ରୀରାମ ମାହାରିଥିଲେ ମହାଭାରତ ଯୁଦ୍ଧରେ ଅର୍ଜ୍ଜୁନ ବି ଶକ୍ତି ଆରାଧନା କରି ବାହାରିଥିଲେ। ଭକ୍ତିନିଷ୍ଠା ହିଁ ଶକ୍ତିଶାଳୀକୁ ଦେବୀବଳ ଦେଇଥାନ୍ତି। ସବୁ ଦୈବୀ ଶକ୍ତି ଏକ ନିୟମରେ ବନ୍ଧା। ଏ କାହାର ପିତୃ ସମ୍ପତ୍ତି ନୁହଁନ୍ତି ମାତ୍ର ଭକ୍ତିରେ ବଶୀଭୂତ ଶକ୍ତି। ନ୍ୟାୟରେ ଥିଲେ ଜିତାପଟ କରାଇଥାନ୍ତି। ମାଆ ଗାନ୍ଧାରୀଙ୍କ ଆଶୀର୍ବାଦ ଏକାପରି ଯାହା ଯୁଧିଷ୍ଠିରଙ୍କ ପ୍ରତି ଯେଉଁ ବଚନର ଆଶୀର୍ବାଦ ସେହି ବଚନରେ ତାଙ୍କ ନିଜ ପୁତ୍ର ଦୁର୍ଯ୍ୟୋଧନଙ୍କୁ ମଧ୍ୟ ଏକ ଆଶୀର୍ବାଦ 'ଏକ ଅକ୍ଷୟ ହେଉ ପୁଣ୍ୟ ଜଗତେ ଧର୍ମର ହେଉ ଜୟ।' ଦେବୀ ମାଆମାନେ ଯଥାର୍ଥରେ ଏପରି ବାଣୀରେ ରହିଥାନ୍ତି। ବାଦୀ ପ୍ରତିବାଦୀ ଦୁଇ ବା ତିନି ପ୍ରକାର ବା ଅଧିକ ପ୍ରାର୍ଥି ଏକ ଦେବୀ ପାଖରେ ପ୍ରାର୍ଥୀ ହୋଇଥିଲେ ଏଇ ପ୍ରକାର ଏକ ପ୍ରକାର ଆଶୀର୍ବାଦ ପାଇଥାନ୍ତି। ଆମର ପ୍ରଭୁ ଶ୍ରୀଜଗନ୍ନାଥଙ୍କୁ ଦେଶ ଦେବତା କୁହାଯାଏ ସେ ଯେତେ ପାର୍ଥୀଙ୍କ ଦ୍ୱାରା ଆରାଧନା ହୁଅନ୍ତୁ ସେ ଧର୍ମରକ୍ଷା ପାଇଁ ପ୍ରେରଣା ଦେଇଥାନ୍ତି। ଗୋରୁ ମାରି ଜୋତାଦାନକାରୀଙ୍କୁ ସେ ଦାନର ସୁଫଳ ମିଳେ ନାହିଁ। ପ୍ରଭୁଙ୍କ ଭକ୍ତଙ୍କୁ ଠକିବା ଚେଷ୍ଟା ମନକଥା ଚିନ୍ତାମଣି ସର୍ବଦା ଜାଣି ତାକୁ ଭାବନା ଦେବା ଶିକ୍ଷା ଦିଗକୁ ଭିଡ଼ିଥାନ୍ତି। ହାରଜିତ ପରିଶ୍ରମ ଓ ଧର୍ମ ଚେତନା ଅନୁସାରେ ସତ୍ୟବ୍ରତଙ୍କୁ ହିଁ ଉଚିତ ମିଳେ। ତାହା ନକଲେ ଦେବତାଙ୍କୁ ଦୋଷ ଦେଇ ନାସ୍ତିକ ମତରେ କେହି ଯିବା ଉଚିତ ନୁହେଁ।

*ବରେଣ୍ୟ ବାଣୀ' ପିସି ସରକାର ଲେନ୍,*
*ଅରୁଣୋଦୟ ମାର୍କେଟ, କଟକ,*
*ଦୂରଭାଷ : ୯୪୩୭୦୩୧୨୫୩*

# ଖରାଛୁଟିରେ ଗ୍ରାମାଞ୍ଚଳରେ ପାଠପଢ଼ା ନିମନ୍ତେ ଅଭିନବ ପ୍ରୟାସ

**ଲୋକନାଥ ପଣ୍ଡା**

ନିକଟରେ ଖରାଛୁଟି ସରିବା ପରେ ବିଦ୍ୟାଳୟ ଖୋଲା ହେଲାଣି ଓ କେତେକ ଜିଲ୍ଲାରେ ବିଦ୍ୟାଳୟ, ଶିକ୍ଷକ ଓ ଛାତ୍ରଛାତ୍ରୀ ସଜବାଜ ହେଲେଣି । ପ୍ରାୟତଃ ମାର୍ଚ୍ଚ ମାସ ପରୀକ୍ଷା ଶେଷ ପରେ ଏବଂ ଅପ୍ରେଲ ତୃତୀୟ ସପ୍ତାହରୁ ଜୁନ୍ ଶେଷ ପର୍ଯ୍ୟନ୍ତ ବିଦ୍ୟାଳୟ ଛୁଟି କହିଲେ ଚଳେ । ଏହି ସମୟରେ ଗ୍ରାମାଞ୍ଚଳର ଶିଶୁମାନଙ୍କର ପାଠପଢ଼ା ପ୍ରାୟତଃ ବନ୍ଦ ହୋଇଯାଇଥାଏ । ପୁଣି ଥରେ ପ୍ରାୟତଃ ଶିଶୁମାନେ ବିଦ୍ୟାଳୟକୁ ଫେରିବା ବେଳକୁ ଅନେକ ପୂର୍ବରୁ ଲାଭକରିଥିବା ଶିକ୍ଷା ଭୁଲି ଯାଇଥାଆନ୍ତି ବୋଲି ଅନେକ ଅଭିଯୋଗ ଆସେ । ସରକାରଙ୍କର ତରଫରୁ ଛୁଟି ସମୟରେ ଶିଶୁମାନେ ଶିକ୍ଷାଲାଭ କରିବା ପାଇଁ କାର୍ଯ୍ୟପୁସ୍ତିକା ବା ଅଭ୍ୟାସପୁସ୍ତିକା ଯୋଗାଇ ଦିଆଯାଇଥାଏ, କିନ୍ତୁ ଶିଶୁଟି ଅନେକ ସମୟରେ ଏକ ଉପଯୁକ୍ତ ଶିକ୍ଷଣ ପରିବେଶଟିଏ ନପାଇ ଏହାର ଅଭ୍ୟାସ କରିବାରେ ଅବହେଳା କରିଥାଏ । ଗ୍ରାମାଞ୍ଚଳରେ ବଢୁଥିବା ଶିଶୁଟି ଆନୁଷ୍ଠାନିକ ଶିକ୍ଷା ଲାଭ କରିନଥିଲେ ମଧ ନିଜ ପରିବେଶରୁ ଅନେକ କିଛି ଶିକ୍ଷାଲାଭ କରିବାର ସୁଯୋଗ ସୃଷ୍ଟି ହୋଇଥାଏ, କିନ୍ତୁ ତାହାକୁ ଉପଯୁକ୍ତ ମାନଦଣ୍ଡ ଭାବରେ ଗଣାଯାଇନଥାଏ, କିମ୍ବା ସମ୍ଭାବନାଗୁଡ଼ିକର ସୁଯୋଗ ନଷ୍ଟ କରାଯାଇଥାଏ ! ଗତ ଖରାଛୁଟି ସମୟରେ କେତେକ ରାୟଗଡ଼ ଜିଲ୍ଲାର ବିଷମକଟକ ବ୍ଲକର କେତେକ ଅଂଚଳକୁ ଯିବାକୁ ସୁଯୋଗ ପାଇଥିଲି । ସେଥିମଧ୍ୟରୁ ଗୋଟିଏ ଗ୍ରାମ ଥିଲା କାଂକୁବାଡ଼ି । ବିଷମକଟକ ବ୍ଲକ, ରାୟଗଡ଼ ଜିଲ୍ଲା । ପ୍ରାୟତଃ ସକାଳୁ ସକାଳୁ ଶିଶୁମାନେ ଗ୍ରାମର ଏକ ଆମ୍ବ ବଗିଚାରେ ଏକାଠି ହେଉଥିଲେ । ସେଥିରେ ଥିଲେ ଅଙ୍ଗନବାଡ଼ି ଶିଶୁଙ୍କ ଠାରୁ ଆରମ୍ଭ କରି ପଞ୍ଚମ ଶ୍ରେଣୀରୁ ସପ୍ତମ ଶ୍ରେଣୀ ପର୍ଯ୍ୟନ୍ତ ପଢୁଥିବା ଶିଶୁ । ସକାଳୁ ସକାଳୁ ସ୍ୱେଚ୍ଛାସେବୀ ଯୁବ ଶିକ୍ଷକ ପହଂଚି ଯାଉଥିବା ସଙ୍ଗେ ସଙ୍ଗେ ଶିଶୁମାନେ ନିକଟସ୍ଥ ଆମ୍ବ ବଗିଚାକୁ ଚାଲି ଆସୁଥିଲେ। ଆମ୍ବ ବଗିଚାର ମାଲିକ ଜଣେ ବୟସ୍କ ଆଦିବାସୀ ବ୍ୟକ୍ତି ଯାହାର ବୟସ ପାଖାପାଖି ୭୦ରୁ ଉର୍ଦ୍ଧ୍ୱ ହେବ । ନିଜ ଆମ୍ବ ବଗିଚାର ଶିଶୁମାନେ ଖୁସିରେ ପାଠପଢ଼ା ଦେଖି ସେ ମଧ୍ୟ ନିଜକୁ ଖୁସି ବ୍ୟକ୍ତ କରୁଥିଲେ । ମଝିରେ ମଝିରେ ପଠନ ସାମଗ୍ରୀ ତଥା ଶିଶୁସାହିତ୍ୟ ସମ୍ବନ୍ଧୀୟ ପୁସ୍ତକ ନେଇ ପଢ଼ିବା ପାଇଁ ଚେଷ୍ଟା କରୁଥିଲେ, ନିଜେ ପଢ଼ିପାରୁଥିଲେ କିନ୍ତୁ ଦୃଷ୍ଟି ସମସ୍ୟା ହେତୁ ଭଲ ଭାବରେ ଦେଖୁନଥିଲେ, ନିଜର ଅନୁଭୂତିକୁ ଶିଶୁମାନଙ୍କୁ ବାଣ୍ଟୁଥିଲେ । ଆମ୍ବତୋଟାରେ ଆମ୍ବଗୁଡ଼ିକ ଝୁଲୁଥିଲା । ବିକ୍ରୀ ହେଉନଥିଲା । ଯଦି ଶିଶୁମାନେ ଚାହିଁବେ, ତେବେ ଆମ୍ବ ଖାଇବେ ବୋଲି ବୃଦ୍ଧ ଜଣକ କହୁଥିଲେ । ସକାଳୁ ଏହିଭଳି ୧୦ ପର୍ଯ୍ୟନ୍ତ ଶିଶୁମାନଙ୍କର ପାଠପଢ଼ା, ସଂଖ୍ୟାଜ୍ଞାନ, ସଂଗୀତ, ଚିତ୍ର, ତଥା ଲାଇବ୍ରେରୀ ପୁସ୍ତକ ପଢ଼ନ୍ତି, ପୁଣି ସାଢ଼େ ଦଶଟା ସମୟରେ ଘରକୁ ଯାଆନ୍ତି। ଶିଶୁମାନେ ଏହି କାଯ୍ୟକ୍ରମକୁ ବେଶ୍ ଉପଭୋଗ କରୁଥିଲେ । ଶିଶୁମାନେ ଆମ୍ବବଗିଚା ମଧ୍ୟରେ ଆସି ଖୁସିମିଜାଜରେ ଶିକ୍ଷାଲାଭ କରୁଛନ୍ତି, ଶିକ୍ଷା ପାଇବା ପାଇଁ ଆଗ୍ରହ ଦେଖାଉଛନ୍ତି, ସେଥିପ୍ରତି ଗ୍ରାମବାସୀ ମଧ୍ୟ ବିଶେଷ ଖୁସୀ ଥିଲେ ।।ଅନ୍ୟ ଏକ ଗ୍ରାମ ମିନାହୋଲା । ବିଷମକଟକ ବ୍ଲକ । ଗ୍ରାମରେ ପ୍ରାୟ ୪୦ ଖଣ୍ଡ ପରିବାର । ସବୁ ଆଦିବାସୀ ସଂପ୍ରଦାୟର ଏବଂ ଚାଷ ଓ ଜଙ୍ଗଲ ଉପରେ ହିଁ ନିଜର ଜୀବିକା ନିର୍ଭର କରନ୍ତି । ସକାଳ ସାତଟା ହୋଇଗଲେ ଗ୍ରାମରେ ଅଙ୍ଗନବାଡ଼ି ଶିଶୁଙ୍କ ଠାରୁ ଆରମ୍ଭ କରି ଷଷ୍ଠ, ସପ୍ତମ ପର୍ଯ୍ୟନ୍ତ ପଢୁଥିବା ଶିଶୁ ଏକାଠି ହେଉଥିଲା ।କାର୍ଯ୍ୟକ୍ରମ ଆରମ୍ଭ ହେଉଥିଲା, ସକାଳ ପ୍ରାର୍ଥନା ସହ ଅଭିନୟ ସଂଗୀତ, ଏଥିସହିତ ଆଜିର ଦିନ, ତଥା କ୍ୟାଲେଣ୍ଡର ଓ ପାଣିପାଗ ସମ୍ପର୍କରେ ଆଲୋଚନା । ଏହାପରେ କିଛି ଗଣନ ଶିକ୍ଷା, ସହିତ ଭାଷା ଶିକ୍ଷାକୁ ନେଇ ବିଶେଷ ଗୁରୁତ୍ୱ ଦିଆଯାଉଥିଲା । ସ୍ୱେଚ୍ଛାସେବୀ ଜଣକ ସାଥିରେ କିଛି ଶିଶୁ ସାହିତ୍ୟ ତଥା ଶିଶୁଙ୍କ ମନଲାଗି ହେବା ଭଳି ପୁସ୍ତକ ଆଣୁଥିଲେ, ଏଥିରେ କାହାଣୀ ସହିତ ବିଭିନ୍ନ ବର୍ଗର ବହି ଥିଲା। ସମସ୍ତ ବହି ସଚିତ୍ର ଥିଲା। ଦିଦିଙ୍କ ସହିତ ଶିଶୁମାନେ ଏକତାଳରେ ଗୀତ ସହିତ ଅଭିନୟ କରୁଥିଲେ, ଗୀତଗୁଡ଼ିକ ମୁଖ୍ୟତଃ ଅଙ୍ଗନବାଡ଼ି ଓ ପ୍ରାଥମିକ ସ୍ତରର ପାଠ୍ୟପୁସ୍ତକ ତଥା ଭାଷା ବିକାଶ ସମ୍ବନ୍ଧୀୟ ଥିଲା । ଶିଶୁମାନଙ୍କର ଆଗ୍ରହ ଦେଖି ଗ୍ରାମବାସୀମାନେ ଶିଶୁମାନଙ୍କୁ ଛାଡ଼ି ନିଜ ନିଜ କାମରେ ଲାଗି ପଡୁଥିଲେ ।ଏହି ଭଳି କେତେକ ଗ୍ରାମରେ କାର୍ଯ୍ୟକ୍ରମ ଚାଲୁଥିଲା, ଯେଉଁଥିରେ ଶିଶୁଙ୍କର ଭାଷା ଓ ସଂଖ୍ୟାଜ୍ଞାନ ସହିତ ସୃଜନାତ୍ମକ ଦିଗର ବିକାଶ ପାଇଁ ବିଶେଷ ଗୁରୁତ୍ୱ ଦିଆଯାଉଥିଲା। ଯେଉଁ ସ୍ୱେଚ୍ଛାସେବୀ ଜଣକ ଶିକ୍ଷାଦାନ କରିବାକୁ ଯାଉଥିଲେ ସାଥିରେ କିଛି ପାଠାଗାର ସମ୍ବନ୍ଧୀୟ ପୁସ୍ତକ ସହିତ ଶିକ୍ଷଣ ସାମଗ୍ରୀ ମଧ୍ୟ ସାଥିରେ ନେଉଥିଲେ, ଯାହାକି ଶିଶୁମାନଙ୍କୁ ଶିକ୍ଷାଦାନରେ ଆଗ୍ରହ ସୃଷ୍ଟି କରୁଥିଲା ।ସବୁଠାରୁ ବଡ଼ କଥା ହେଲା, ଅନେକ ସ୍ଥାନରେ ଶିକ୍ଷା କ୍ଷେତ୍ରରେ ପରିବର୍ତ୍ତନ ହୋଇଛି । ସରକାରଙ୍କ ତରଫରୁ ସମସ୍ତ ଶିଶୁଙ୍କ ଶିକ୍ଷା ଦେବାର ବ୍ୟବସ୍ଥା ଥିଲେ ମଧ୍ୟ କୋଭିଡ୍ ସମୟରେ ଏହା ଗ୍ରାମାଞ୍ଚଳରେ ଏବଂ ମୁଖ୍ୟତଃ ଆଦିବାସୀ ଅଂଚଳରେ ସମ୍ପୂର୍ଣ୍ଣ ଭାବରେ ବାଧାପ୍ରାପ୍ତ ହୋଇଥିଲା । କିନ୍ତୁ କେତେକ ଅନୁଷ୍ଠାନ ତରଫରୁ ଆଦିବାସୀ ଓ ଦୁର୍ଗମ ଅଂଚଳରେ ଭ୍ରାମ୍ୟମାଣ ଶିକ୍ଷା ସଂଯୋଗ କାର୍ଯ୍ୟକ୍ରମ, ସ୍କୁଲ ସଂଯୋଗ କାର୍ଯ୍ୟକ୍ରମ ଭାବରେ କାର୍ଯ୍ୟକାରି ହେଉଥିଲା ଯାହାକି ପରବର୍ତ୍ତୀ ସମୟରେ ଶିଶୁମାନଙ୍କୁ ବିଦ୍ୟାଳୟକୁ ଫେରାଇ ଆଣିବାକୁ ସାହାଯ୍ୟ କରିଥିଲା ।

ଖରାଛୁଟି ସମୟରେ ବିଷମକଟକ, କୋଟଗଡ଼ ଏବଂ ଲାଞ୍ଜିଗଡ଼ ବ୍ଲକରେ କିଛି ସ୍ୱେଚ୍ଛାସେବୀ ନିୟମିତ ଭାବରେ ସପ୍ତାହରେ ଦୁଇଥର ଗୋଟିଏ ଗାଁକୁ ଯାଇ ନିୟମିତ ଭାବରେ ଶିଶୁମାନଙ୍କର ଶିକ୍ଷାଦିକ୍ଷାରେ ସହାୟତା କରୁଥିଲେ। ସେମାନଙ୍କର ଶିକ୍ଷାଦାନ ପାରମ୍ପରିକ ନଥିଲା, ସେମାନେ ମୂଳତଃ ଶିଶୁଙ୍କର ଭାଷା ଓ ସଂଖ୍ୟା ଜ୍ଞାନର ଦକ୍ଷତା କିପରି ବୃଦ୍ଧି ହେବ, ପଠନ ପ୍ରତି ଆଗ୍ରହ ସୃଷ୍ଟି କିପରି ବଢ଼ିବ, ସେଥିପ୍ରତି ଗୁରୁତ୍ୱ ଦେଉଥିଲେ । କେତେକ ଅଂଚଳରେ ସ୍ଥାନୀୟ ଶିକ୍ଷକ ମଧ୍ୟ ଏହିଭଳି କାର୍ଯ୍ୟକ୍ରମ ଚାଲୁଥିବାରୁ ସ୍ଥାନୀୟ ସ୍ୱେଚ୍ଛାସେବୀଙ୍କୁ କୃତଜ୍ଞତା ଜଣାଉଥିଲେ । କାଂକୁବାଡ଼ି ଗ୍ରାମରେ ସ୍କୁଲ ଖୋଲିବା ପୂର୍ବରୁ ଗ୍ରାମବାସୀ ଖୁସୀରେ ଶିଶୁମାନଙ୍କ ନିମନ୍ତେ ଏକ ଭୋଜି ଆୟୋଜନ କରିଥିଲେ । ଏଥିରୁ ଅନୁମାନ କରି ହେଉଥିଲା, ଗ୍ରାମବାସୀମାନେ ପିଲାମାନଙ୍କର ଶିକ୍ଷାଦୀକ୍ଷା ପ୍ରତି କେତେ ଗୁରୁତ୍ୱ ଦେଉଛନ୍ତି । ଶିଶୁମାନେ ସ୍ୱତଃପ୍ରବୃତ୍ତ ଭାବରେ ପାଠପଢ଼ିବା ପାଇଁ ଆସୁଥିଲେ । ଶିକ୍ଷକଙ୍କ ମଧ୍ୟ ଅଭିନବ ପ୍ରୟାସ ରହିଥିଲା ଯାହାକି ଶିଶୁମାନଙ୍କୁ ଶିକ୍ଷାଦୀକ୍ଷା ଦିଗରେ ଆଗ୍ରହ ସୃଷ୍ଟି କରିଥିଲା । ଶିକ୍ଷାଦାନରେ ମୂଳତଃ ଭାଷା ଜ୍ଞାନ ସହିତ ଓ ସଂଖ୍ୟାଜ୍ଞାନକୁ ଆଧାର କରି ଶିକ୍ଷାଦିଆଯାଉଥିଲ। । ଅଙ୍ଗନବାଡ଼ି କେନ୍ଦ୍ରର ଶିଶୁମାନେ ମେଳ ମଧ୍ୟରୁ ଅଲଗା ବାଛିବା, ବିଭିନ୍ନ ରଙ୍ଗର କାଗଜକୁ ଅଲଗା ଅଲଗା କରି ବାଛିବା, ବଡ଼-ସାନ ସଜାଇବା, ସଂଖ୍ୟା ଓ ଅକ୍ଷର ସହିତ ପରିଚିତ ହେବା, ସ୍କୁଲ ଯିବା ପୂର୍ବ ପ୍ରସ୍ତୁତି, କାହାଣୀର ଚିତ୍ର ଦେଖି କଳ୍ପନା କରିବା ଇତ୍ୟାଦି ଗତିବିଧିରେ ନିୟୋଜିତ ହେଉଥିଲେ । ସବୁଠାରୁ ବଡ଼କଥା ହେଲା ସେମାନଙ୍କୁ କାହାଣୀ କହିବା, କାହାଣୀ ଶୁଣିବା, ପୁସ୍ତକର ଚିତ୍ର ଦେଖି କଳ୍ପନା କରିବା, ଅଭିନୟ କରିବା ଆଦି କାର୍ଯ୍ୟକ୍ରମରେ ବେଶ୍ ଉତଫୁଲ୍ଲିତ ହେଉଥିଲେ । ପ୍ରଥମରୁ ତୃତୀୟ ଶ୍ରେଣୀ ପଢୁଥିବା ଶିଶୁମାନେ ମଧ ବିଭିନ୍ନ ପ୍ରକାର ଭାଷା ଶିକ୍ଷଣର ଗତିବିଧିରେ ସଂପୃକ୍ତି ରହୁଥିଲେ । ଚତୁର୍ଥ ଓ ପଞ୍ଚମ ପଢୁଥିବା ତଥା ଉଚ୍ଚ ଶ୍ରେଣୀରେ ପଢୁଥିବା ଶିଶୁମାନେ ବିଶେଷ ଭାବରେ ବିଭିନ୍ନ ଗପବହି ପଢ଼ିବା, ସମ୍ପର୍କରେ ଆଲୋଚନା କରିବା ସହିତ ଅଭିନୟ ସଂଗୀତ ଆଦିରେ ସକ୍ରୀୟ ହେଉଥିଲେ । ଏଥିସହିତ ଶିଶୁମାନେ ନିଜ ଅଂଚଳରେ ମିଳୁଥିବା ବିଭିନ୍ନ ଗଛକୁ ଚିହ୍ନିବା, ପରିବେଶକୁ ଚିହ୍ନିବା ସହିତ ଗାଁ ବୟସ୍କ ଲୋକଙ୍କ ଠାରୁ କାହାଣୀ ଶୁଣିବା, ନିଜ ଗ୍ରାମ ପୂର୍ବରୁ କିପରି ଥିଲା,ଏ ସମ୍ପର୍କରେ ମଧ ଆଲୋଚନା କରିବାର ଏକ ସୁଯୋଗ ସୃଷ୍ଟି ହେଉଥିଲା । ନୂତନ ଶିକ୍ଷାନୀତି ଅନୁସାରେ ସରକାରଙ୍କ ତରଫରୁ ଭାଷା ଓ ସଂଖ୍ୟାଜ୍ଞାନକୁ ପ୍ରାଥମିକ ସ୍ତରରେ ଗୁରୁତ୍ୱ ଦିଆଯାଉଛି । ଏହିଭଳି ପରିପ୍ରେକ୍ଷୀରେ ସିନି-ଟାଟା ଟ୍ରଷ୍ଟ ତରଫରୁ ଗ୍ରାମୀଣ ଅଂଚଳରେ ଗ୍ରାମୀଣ ଶିକ୍ଷା ସମୃଦ୍ଧି କାର୍ଯ୍ୟକ୍ରମ ଭାବରେ ରାୟଗଡ଼ ଜିଲ୍ଲାର ବିଷମକଟକ, କନ୍ଧମାଳ ଜିଲ୍ଲାର କୋଟଗଡ଼ ବ୍ଲକ ଓ କଳାହାଣ୍ଡି ଜିଲ୍ଲାର ଲାଞ୍ଜିଗଡ଼ ବ୍ଲକର ଗ୍ରାମୀଣ ଅଂଚଳରେ ସ୍କୁଲ ଛୁଟି ସମୟରେ ଶିଶୁଙ୍କ ଭାଷା ଓ ସଂଖ୍ୟା ଜ୍ଞାନ ବିକାଶ ନିମନ୍ତେ ଯେଉଁଭଳି ସୃଜନାତ୍ମକ କାର୍ଯ୍ୟକ୍ରମ କରାଯାଉଥିଲା, ତାହା ଅନ୍ତତଃ ଶିଶୁମାନଙ୍କୁ ଶିକ୍ଷା ପ୍ରତି ଆଗ୍ରହ ସୃଷ୍ଟି କରିବା ଦିଗରେ ସହାୟକ ହେବ ଏ ଲେଖକ ଆଶା କରୁଛି । ଭାଷା ଶିକ୍ଷା ସହିତ ନିଜର ପରିବେଶକୁ କିପରି ଶିଶୁଟି ଶିଖିବ, ଭଲପାଇବ ଏବଂ ନିଜର ଆତ୍ମବିଶ୍ୱାସ ବୃଦ୍ଧି ହେବ, ସେଥିପ୍ରତି ବିଶେଷ ଭାବରେ ଗୁରୁତ୍ୱ ଦିଆଯାଉଥିଲା । ଫଳରେ କିଛି ମାତ୍ରାରେ ହେଲେ ମଧ ଗାଁରେ ଏକ ଶିକ୍ଷଣ ପରିବେଶ ସୃଷ୍ଟି ହେଉଥିଲା ଏବଂ ଏହି କାର୍ଯ୍ୟକ୍ରମରେ ଗ୍ରାମର କିଛି ଶିଶୁ ଭାଗ ନେଉଥିଲେ ଏବଂ ଉପକୃତ ହେଉଥିଲେ, ଶିଶୁମାନଙ୍କୁ ଶିକ୍ଷା ପାଇବା ପାଇଁ ସେମାନଙ୍କ ମଧ୍ୟରେ ଆଗ୍ରହର ବୀଜ ସୃଷ୍ଟି ହେଉଥିଲା, ତାହାହିଁ ପରବର୍ତ୍ତୀ ସେମାନଙ୍କ ମଧ୍ୟରେ ବିଦ୍ୟାଳୟ ଶିକ୍ଷା କ୍ଷେତ୍ରରେ ଆଗ୍ରହ ସୃଷ୍ଟି କରିବ !

*ରାଣୀଗୁଡ଼ା, ରାୟଗଡ଼ -୭୬୫୦୦୧*
*ଦୂରଭାଷ: ୯୪୩୮୦୮୧୪୩୦*




# ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

**ସୁବ୍ରତ କୁମାର ମହାନ୍ତି**

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ। ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ। ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା। ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି। ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ। ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବରୁ ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ। ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ। ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ। ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ। ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ। ତତ୍‌ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବଦ୍ରବକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ। ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ। ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି। ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ। କୁଣ୍ଡର ତଳସ୍ତରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ। ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ। ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ। ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ। ଗାଇଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ। ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ। କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ। ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ। ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ। ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ। ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ। ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ। ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍। ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶସ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ। ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ। ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ। ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

# କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



**ବିଜ୍ଞାନ ରଂଜନ ସାହୁ**

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ। ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ। ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି। ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ। ଏଣୁ ସେମାନେ ଭାଗଚାଷ କରନ୍ତି। ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ। ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି। ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ। ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି। କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ। ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି। କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି। ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ। ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ। ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି। ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ। ଏହାଦ୍ୱାରା ଅଧିକ ଅମଳ ହୋଇଥାଏ। କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ। ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ। ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି। ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି। କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ। ଏଣୁ ଆମେ ଏହାକୁ ରୋକିପାରିବା ନାହିଁ। ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ। ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା





ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ। ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ। ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ। ଏବେ ପ୍ରଶ୍ନ ଉଠୁଛି- ଉତ୍ପାଦନ କରିବ କିଏ? ଖାଦ୍ୟ ଆସିବ କେଉଁଠାରୁ। ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର। ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ। ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ। ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ। ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ। ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ।

କୃଷି ସ୍ନାତକୋତ୍ତର, ଓୟୁଏଟି

# ଟିଲାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



**ବିଜ୍ଞାନ ମିହିର ରାଉତ**

ଟିଲାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି। ଏହାର ମୂଳ ବାସସ୍ଥାନ ଆଫ୍ରିକା। ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ଟିଲାପିଆ ଚାଷ ଆରମ୍ଭ ହୋଇଥିଲା। କିନ୍ତୁ ଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା। ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ଟିଲାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା। ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି। ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ। ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ। ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି।

ଟିଲାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ। ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ। ନୀଳନଦୀ ଟିଲାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ଟିଲାପିଆ ଭାବେ ଗଣା ହୋଇଥାଏ। ନୀଳ ଟିଲାପିଆ ଶଙ୍କର ଜାତୀୟ ଟିଲାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ। ଏହା ସମୁଦାୟ ବିଶ୍ୱର ଟିଲାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ। ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ। ମୋଜାମ୍ବିଆ ଟିଲାପିଆ ନୀଳନଦୀ ଟିଲାପିଆର ପ୍ରଜାତି ଅଟେ। ଲାଲ୍ ଟିଲାପିଆ - ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା। ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି।

ଉତ୍ପାଦନ- ଟିଲାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି। ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ଟିଲାପିଆ ଉତ୍ପାଦନ କାରୀ ରାଷ୍ଟ୍ର। ବିଶ୍ୱର ଅର୍ଦ୍ଧାଧିକ ଟିଲାପିଆ ଚୀନ୍ ଆସିଥାଏ। ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ। ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ। ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ। ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ଟିଲାପିଆ



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ। ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ଟିଲାପିଆ ଉତ୍ପାନନ ହୋଇପାରିଥାଏ। ସେହିପରି ଚୀନ୍, ମାଲେସିଆ ଓ ଡିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ଟିଲାପ୍ପିାକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଗନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ।

ପୋଖରୀ ଚାଷ- ଫିଲିଫାଇନ୍ସରେ ଟିଲାପିଆକୁ ଏକୁଳି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ। ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି। ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ଟିଲାପିଆ ଉତ୍ପନ୍ନ ହୋଇପାରିବ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ଟିଲାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ। ନୀଳନଦୀ ଟିଲାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ। ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ।

ଏକଲିଙ୍ଗି ଚାଷ- ଟିଲାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ। ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ଟିଲାପିଆ ମାଛ ମିଳିଥାଏ। ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ। ଅଧିକାଂଶ ଚାଷୀ ଏକଲିଙ୍ଗି ଚାଷକୁ ଗୁରୁତ୍ୱ ଦେଇଥାନ୍ତି। ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ। ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ। କହିବାକୁ ଗଲେ ଟିଲାପିଆ ଚାଷ ଲାଭଦାୟକ ଅଟେ। ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ଟିଲାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

# ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ। କୃଷିର ବି୍‌ଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ, ଶ୍ରଦ୍ଧା ସାଉଁଟିପାରିଛି। ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ। ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ। କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି। ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି -ଚାଷର ଏନ୍ତୁଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence। ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି। ପଠାଇବାର ଠିକଣା - ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ - ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ। ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି।




# ଯୁଦ୍ଧାୟ କୃତନିଶ୍ଚୟ...

୨୦୦୩ ମସିହା ଅକ୍ଟୋବର ୩୧ ତାରିଖରେ ଜାତିସଂଘର ଆନୁଷ୍ଠାନିକ ବୈଠକରେ ନିଷ୍ପତ୍ତି (ସଂଖ୍ୟା-୫୮/୪) ଗ୍ରହଣ କରାଗଲା ଯେ ଡ୍ରଗ୍ସ ଆଣ୍ଡ କ୍ରାଇମର ଜାତିସଙ୍ଘ କାର୍ଯ୍ୟାଳୟକୁ ଏହାର ସଚିବାଳୟରେ ପରିବର୍ତ୍ତିତ କରାଯିବ। ଦୁର୍ନୀତି ପ୍ରତି ସଚେତନତା ସୃଷ୍ଟି ଏବଂ ଏହାର ମୁକାବିଲା ଓ ପ୍ରତିରୋଧ କରିବାରେ ଜାତିସଙ୍ଘର ଭୂମିକା ବିଷୟରେ ଅବଗତ କରାଇବା ପାଇଁ ୯ ଡିସେମ୍ବରକୁ ଅନ୍ତର୍ଜାତୀୟ ଦୁର୍ନୀତି ବିରୋଧୀ ଦିବସ ଭାବେ ଘୋଷଣା କରାଗଲା। ଡିସେମ୍ବର ୨୦୦୫ରେ ଏହା କାର୍ଯ୍ୟକାରୀ ହେଲା। ଦୁର୍ନୀତି ଏକ ଜଟିଳ ସାମାଜିକ, ରାଜନୈତିକ ଓ ଅର୍ଥନୈତିକ ବ୍ୟାଧି, ଯାହା ସମଗ୍ର ବିଶ୍ୱକୁ କବଳିତ କରିଛି। ଗଣତାନ୍ତ୍ରିକ ସଂସ୍ଥାଗୁଡ଼ିକର ଭିତ୍ତିଭୂମିକୁ ଦୁର୍ବଳ କରିବା ସହ ଅର୍ଥନୈତିକ ବିକାଶକୁ ଏହା ମନ୍ଥର କରିଚାଲିଛି। ସରକାରୀ ଅସ୍ଥିରତାର କାରକ ସାଜିଛି ଭ୍ରଷ୍ଟାଚାର। ନିର୍ବାଚନ ପ୍ରକ୍ରିୟାକୁ ବିକୃତ କରି ଗଣତାନ୍ତ୍ରିକ ସଂସ୍ଥାଗୁଡ଼ିକର ମୂଳଦୁଆକୁ ଆକ୍ରମଣ କରିଚାଲିଛି। ଆଇନ କାନୁନ ଉଲ୍ଲଂଘନ କରିବା ସହ ଅମଲାତନ୍ତ୍ର ସମ୍ବନ୍ଧୀୟ ବିପଜ୍ଜନକ ପରିସ୍ଥିତି ସୃଷ୍ଟି କରୁଛି। ଏସବୁ ତିଷ୍ଠିବାର ଏକମାତ୍ର କାରଣ ହେଉଛି ଲାଞ୍ଚ। ବିଦେଶୀ ପ୍ରତ୍ୟକ୍ଷ ନିବେଶ ହତୋତ୍ସାହିତ କରାଯିବାରୁ ଅର୍ଥନୈତିକ ବିକାଶ ହୋଇପାରୁନାହିଁ। ଦୁର୍ନୀତି ଯୋଗୁଁ ବ୍ୟବସାୟ ଆରମ୍ଭ ପାଇଁ ଆବଶ୍ୟକ ଅର୍ଥ ମିଳିପାରୁନାହିଁ, ଯାହାଦ୍ୱାରା ଦେଶରେ କ୍ଷୁଦ୍ର ବ୍ୟବସାୟ ଅଧିକାଂଶ ସମୟରେ ଅସମ୍ଭବ ହେଉଛି। ଭାରତୀୟ ଗଣତାନ୍ତ୍ରିକ ଓ ପ୍ରଶାସନିକ କ୍ଷେତ୍ରକୁ ଦେଖିଲେ ଜଣାଯାଏ ଯେ ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ରର ମାନ୍ୟତା ପାଇଥିବା ଭାରତରେ ଦୁର୍ନୀତିର ମୂଳୋତ୍ପାଟନ ପାଇଁ ସବୁକ୍ଷେତ୍ରରେ ଭୂମିକା ଗ୍ରହଣ କରାଯାଉଛି। ତଥାପି ଆଜି ସମାଜର ସବୁଠି ଓ ସବୁକ୍ଷେତ୍ରରେ ଏହାର କାୟା ବଢ଼ିବାରେ ଲାଗିଛି। ଏପରି ଏକ ସମୟ ପହଞ୍ଚିଲାଣି ବିନା ଦୁର୍ନୀତିରେ, ପ୍ରିୟାପ୍ରୀତିରେ ସତେ ଯେପରି ଖଣ୍ଡିଏ କାଗଜ ବି ସରକାରଙ୍କ ଦପ୍ତର ଠାରୁ ବେସରକାର ଦପ୍ତରରେ ମଧ୍ୟ ଉଠି ନଥିବାର ଅଭିଯୋଗ ହୁଏ। ଶିକ୍ଷା, ସ୍ୱାସ୍ଥ୍ୟସେବା, ଗମନାଗମନ, ଯୋଗାଯୋଗ, ପ୍ରଯୁକ୍ତି ଠାରୁ ସବୁ କ୍ଷେତ୍ରରେ ଦୁର୍ନୀତିର ବିଭିନ୍ନ ରୂପ ଅନେକ ସମୟରେ ଦେଖାଯାଏ ଯାହାକୁ ନେଇ ଗଣମାଧ୍ୟମରେ ବିସ୍ତୃତ ଖବର ପ୍ରକାଶ ପାଏ। ଜଣେ ରାଜନେତା ଏକଦା ପରିହାସ ଛଳରେ କହିଥିଲେ ଯେ 'ଦୁର୍ନୀତିକୁ ନୀତି କରିଦେଲେ ଆଉ କିଛି ଅସୁବିଧା ରହିବ ନାହିଁ।' ଦୁର୍ନୀତି ଅର୍ଥ ନୀତିଠାରୁ ଦୂର। ନ୍ୟାୟ ଓ ଧର୍ମର ବିରୋଧୀ ଅନ୍ୟାୟ ନୀତି, ଅସତ୍ ଆଚରଣ ବା ଅସତ୍ କର୍ମକୁ ଦୁର୍ନୀତି କୁହାଯାଏ।

ଜାତି, ଧର୍ମ, ବର୍ଣ୍ଣ, ବିଦ୍ୟା ଓ ସଭ୍ୟତା ନିର୍ବିଶେଷରେ ଉପର ଠାରୁ ତଳ ପର୍ଯ୍ୟନ୍ତ ଏହି ଦୁର୍ନୀତିର ଚେର ବ୍ୟାପିଯାଇଛି ଓ ସମାଜକୁ ପଙ୍ଗୁ କରିଦେଇଛି। ନୀତି ବିହୀନ ମନୁଷ୍ୟ ପଶୁ ସହିତ ସମାନ। ଏହି ପାଶବିକ ପ୍ରବୃତ୍ତି ମଧ୍ୟରେ ମନୁଷ୍ୟର ଦୁର୍ବଳତା, କାମ, କ୍ରୋଧ, ମଦ, ଲୋଭ, ମାତ୍ସର୍ଯ୍ୟ ଓ ଅହଂକାର ଇତ୍ୟାଦି ଲୁଚି ରହିଛି। ତେଣୁ ଏହି ପ୍ରବୃତ୍ତି ବା ଭ୍ରଷ୍ଟାଚାରମୁକ୍ତ ସମାଜ ଗଠନ ପାଇଁ ଯୁଗପୁରୁଷୋତ୍ତମ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ମାନବ ସମାଜକୁ ଆହ୍ୱାନ ଦେଇ କହିଲେ - ଅର୍ଥ, ମାନ, ଯଶ ଇତ୍ୟାଦି ପାଇବା ଆଶାରେ ମୋତେ ଠାକୁର ସଜାଇ ଭକ୍ତ ହୁଅନାହିଁ, ସାବଧାନ ହୁଅ - ଠକି ଯିବ; ତୁମର ଠାକୁରତ୍ୱ ଜାଗ୍ରତ ନ ହେଲେ କେହି ତୁମର କେନ୍ଦ୍ର ନୁହଁନ୍ତି, ଠାକୁର ବି ନୁହଁନ୍ତି - ଫାଙ୍କି ଦେଲେ ତାହା ହିଁ ପାଇବ। ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ସମସ୍ତଙ୍କୁ ସତର୍କ କରି କହିଛନ୍ତି- ସବୁ ସମୟ ସ୍ମରଣ ରଖ, ସଜାଗ ରୁହ ସତର୍କତାର ସହିତ, କାହାର ଅକୃତଜ୍ଞତା, ବିଶ୍ୱାସଘାତକତା, ଚୌର୍ଯ୍ୟପ୍ରବୃତ୍ତି, ଦାୟିତ୍ୱହୀନତା ଓ ସେବା ବିମୁଖତାକୁ ପ୍ରଶୟ ଦିଅନାହିଁ। ଏହା ହେଉଛି ସତ୍ତା ସମ୍ବର୍ଦ୍ଧନାର ସର୍ବନାଶ ବିଷାକ୍ତ ପ୍ରବୃତ୍ତି। ଏହି ଦୁର୍ନୀତିରେ ବୁଡ଼ି ବୁଡ଼ି ମନୁଷ୍ୟ ସୁନୀତିକୁ ଭୁଲିଯାଇଛି। ବଦ୍ ଅଭ୍ୟାସରେ ରହି ସତ୍ ଅଭ୍ୟାସକୁ ଭୁଲି ଯାଇଛି, ଏହି ଦୁର୍ନୀତିକୁ ପ୍ରତିରୋଧ କରିବା ପାଇଁ ସଂଗ୍ରାମର ଆବଶ୍ୟକତା ରହିଛି। ଯେଉଁମାନେ ନିରୋଧ କରିବେ ସେମାନେ ହେବେ ବୀର ପୁରୁଷ। ପ୍ରରମପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ଅତ୍ୟନ୍ତ ଆବେଗପୂର୍ଣ୍ଣ ଭାବରେ କହିଛନ୍ତି - ଚୋରି କରନାହିଁ; ଚାହିଦାରେ ଘୃଷ୍ଟ ବୁଦ୍ଧିବୃତ୍ତି କାହାକୁ ମଧ୍ୟ ଉଦ୍‌ବୃତ୍ତ ନକରି ଅନ୍ୟାଯ୍ୟଭାବରେ, ଅଜ୍ଞାତସାରରେ ପରିପୂରିତ ହେବାକୁ ଚାହେଁ - ତାହା ହିଁ ଚୌର୍ଯ୍ୟ; ଚୌର୍ଯ୍ୟରେ ବୁଦ୍ଧିବୃତ୍ତି ଦିନୁ ଦିନ ଅନ୍ୟର କ୍ଷତିକରି ଅପକର୍ଷ ପ୍ରତି ଧାବିତ ହୁଏ ବୋଲି ଅର୍ଥାତ୍, କରିବା ଭିତର ଦେଇ ଯେପରି ଭାବରେ ଚାହିଦାକୁ ପୂରଣ କଲେ ବୋଧ ଓ ଜ୍ଞାନର ଉନ୍ମେଷରେ ତାହା ମିଳିଯାଏ - ତାହା ହିଁ ଚୌର୍ଯ୍ୟରେ ଆହତ ଓ ଅବସନ୍ନ ହୋଇ ଅଧର୍ମକୁ ଆଲିଙ୍ଗନ କରେ ବୋଲି ଏତେ ଘୃଣ୍ୟ, ଏତେ ପାପ, ଏତେ ହୀନତା - ତେଣୁ କୁହେ, ଏହି ଚୌର୍ଯ୍ୟ ବୁଦ୍ଧିକୁ ପ୍ରଶ୍ରୟ ଦେଇ ତୁମର ଓ ତୁମ ପାରିପାର୍ଶ୍ୱିକର ସର୍ବନାଶ କରନା, ସାବଧାନ ହୁଅ। ଏହି ପ୍ରସଙ୍ଗରେ ପୁନର୍ବାର ଯୁଗାବତାର କଲ୍‌କୀ ବିଗ୍ରହ ଶ୍ରୀ ଶ୍ରୀ ଠାକୁର ତାଙ୍କର ସ୍ୱହସ୍ତ ଲିଖିତ ପବିତ୍ର ସତ୍ୟାନୁସରଣ ଗ୍ରନ୍ଥର ପ୍ରଥମ ପୃଷ୍ଠାରେ ଉଲ୍ଲେଖ କଲେ - ସର୍ବପ୍ରଥମ ଆମ୍ଭମାନଙ୍କୁ ଦୁର୍ବଳତା ବିରୁଦ୍ଧରେ ଯୁଦ୍ଧ କରିବାକୁ ହେବ। ସାହସୀ ହେବାକୁ ହେବ, ବୀର ହେବାକୁ ହେବ। ପାପର ଜ୍ୱଳନ୍ତ ପ୍ରତିମୂର୍ତ୍ତି ଏହି ଦୁର୍ବଳତା। ତଡ, ଯେତେ ଶୀଘ୍ର ପାର ଏହି ରକ୍ତଶୋଷଣକାରୀ ଅବସାଦ ଉତ୍ପାଦକ ଭେମ୍ପେୟାରକୁ (ବାଦୁଡ଼ି)। ସ୍ମରଣ କର ତୁମେ ସାହସୀ, ସ୍ମରଣ କର ତୁମେ ଶକ୍ତିର ତନ୍ମୟ, ସ୍ମରଣ କର ତୁମେ ପରମପିତାଙ୍କର ସନ୍ତାନ। ଏହି ଦୁର୍ନୀତି ବିରୋଧୀ ଆତ୍ମ ସଂଶୋଧନ ଇଚ୍ଛୁକ ବୀରମାନଙ୍କୁ ଉଦ୍‌ବୋଧନ ଦେଇ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ - ସଦ୍‌ଗୁରୁଙ୍କର ଶରଣାପନ୍ନ ହୁଅ, ସତ୍‌ନାମ ମନନ କର, ଆଉ ସତ୍‌ସଙ୍ଗର ଆଶ୍ରୟ ଗ୍ରହଣ କର - ମୁଁ ନିଶ୍ଚୟ କରି କହୁଛି ତୁମକୁ ଆଉ ତୁମର ଉନ୍ନୟନ ପାଇଁ ଭାବିବାକୁ ହେବନାହିଁ। ଯଦି ତୁମର ଆଦର୍ଶର କଥା କହିଲେ ଆନନ୍ଦ, ତାଙ୍କର ଚିନ୍ତାରେ ଆନନ୍ଦ, ତାଙ୍କର ହୁକୁମ ପାଇଲେ ଆନନ୍ଦ, ତାଙ୍କର ଆଦରରେ ଆନନ୍ଦ, ଅନାଦରରେ ମଧ୍ୟ ଆନନ୍ଦ ହୁଏ, ତାଙ୍କ ନାମରେ ହୃଦୟ ଉଛୁଳି ଉଠେ - ମୁଁ ନିଶ୍ଚୟ କରି କହୁଛି ତୁମର ଉନ୍ନୟନ ନିମିତ୍ତ ଆଉ ଭାବିବାକୁ ହେବନାହିଁ। ଆଜି ବିଶ୍ୱ ଦୁର୍ନୀତି ନିରୋଧ ଦିବସ ଅବସରରେ ଆମ ସମସ୍ତଙ୍କ ଭିତରେ ଦୁର୍ନୀତି ବିରୋଧରେ ଚେତନାକୁ ଜାଗ୍ରତ କରିବା ସହ ଏହାକୁ କାର୍ଯ୍ୟରେ କରି ଦେଖାଇଲେ ଏହି ଦିବସର ତାତ୍ପର୍ଯ୍ୟ ଗୁରୁତ୍ୱ ରଖନ୍ତା।

## ନିଲମ୍ବିତ ଏମବିକେଙ୍କୁ ପୁନଃନିଯୁକ୍ତି

ଧର୍ମଶାଳା (ପିଏନ୍): ଗତ ପଂଚାୟତ ନିର୍ବାଚନରେ ଶାସକ ଦଳର ଚାପରେ କାର୍ଯ୍ୟରୁ ନିଲମ୍ବିତ ହୋଇଥିବା ଧର୍ମଶାଳା ବ୍ଲକ କୁମାରୀ ପଂଚାୟତର ଏମବିକେ ଯାଜପୁର ଜିଲ୍ଲାପାଳଙ୍କ ଦ୍ୱାରା ପୁନଃନିଯୁକ୍ତି ନିଷ୍ପତ୍ତିକୁ ପଂଚାୟତବାସୀଙ୍କ ପକ୍ଷରୁ ସ୍ୱାଗତ କରାଯାଇଛି। ସୂଚନା ଅନୁଯାୟୀ ୨୦୨୨ ପଂଚାୟତ ନିର୍ବାଚନରେ ଧର୍ମଶାଳା ବ୍ଲକ କୁମାରୀ ପଂଚାୟତର ଏମବିକେ ଝୁନୁବାଳା ଦାସ ନିର୍ବାଚନ ଅଚରଣବିଧି ଉଲଘଂନ ଅଭିଯୋଗ ଆଣି ଶାସକଦଳ ପକ୍ଷରୁ ଚାପ ପ୍ରୟୋଗ କରାଯାଇ ତାଙ୍କୁ କାର୍ଯ୍ୟରୁ ନିଲମ୍ବିତ କରାଯାଇଥିଲା। ଏହା ବିରୁଦ୍ଧରେ ଝୁନୁବାଳା ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ହାଇକୋର୍ଟ ୫୧୩୮/୨୨ରେ ଏକ କେଶ କରି ଘଟଣାର ବିଚାର କରି ଝୁନୁବାଳାଙ୍କୁ ପୁନଃନିଯୁକ୍ତି ଦେବାକୁ ଯାଜପୁର ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ। ତଦନୁସାରେ ଜିଲ୍ଲାପାଳ ଚକ୍ରବର୍ତୀ ସିଂ ରାଠୋର ପତ୍ରସଂଖ୍ୟା ୫୬୭୨ ତା.୨୮/୧୧/୨୨ରେ ଝୁନୁବାଳାଙ୍କୁ ପୁନଃ ନିଯୁକ୍ତି ଦେବା ଲାଗି ବ୍ଲକକୁ ଜଣାଇଥିଲେ। ପୁନଃନିଯୁକ୍ତି ପାଇବା ପରେ କୁମାରୀ ପଂଚାୟତର ଶତାଧିକ ମହିଳା ଏକ ଶୋଭାଯାତ୍ରାରେ ଝୁନୁବାଳାଙ୍କୁ ପଂଚାୟତ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଆଣିଥିଲେ।

## ଅବସରପ୍ରାପ୍ତ କର୍ମଚାରୀ ସଙ୍ଘର ପ୍ରତିଷ୍ଠା ଦିବସ



ଧର୍ମଶାଳା (ପିଏନ୍): ଧର୍ମଶାଳା ଅବସରପ୍ରାପ୍ତ କର୍ମଚାରୀ ସଙ୍ଘର ୨୫ତମ ପ୍ରତିଷ୍ଠା ଦିବସ ଜାରକାସ୍ଥିତ ତ୍ରିନାଥେଶ୍ୱର ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ସଙ୍ଘର ସଭାପତି ଯୁଧିଷ୍ଠିର ସ୍ୱାଇଁଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ବରିଷ୍ଠ ଶିଶୁ ସାହିତ୍ୟିକ ବଟକୃଷ୍ଣ ଓଝା, ଶ୍ରୀଧର ମହାପାତ୍ର ଓ ଅଭିରାମ ନନ୍ଦ ଯୋଗଦେଇ ଅବସରପ୍ରାପ୍ତ କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ ବରିଷ୍ଠ ସଭ୍ୟ ବୀରକିଶୋର ଦାସ, ବୃନ୍ଦାବନ ଦାସ, ଶୁକଦେବ ପତିଙ୍କୁ ଉପଢୌକନ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରତିଷ୍ଠାତା ସଭ୍ୟ ସୁଦର୍ଶନ ଶତପଥୀଙ୍କୁ ମରଣୋତର ସମ୍ମାନ ତାଙ୍କ ପୁତ୍ରଙ୍କୁ ପ୍ରଦାନ କରାଯାଇଥିଲା। ଏହି ସଭାରେ ସହସମ୍ପାଦକ ଆଦିକନ୍ଦ ସ୍ୱାଇଁ ବିବରଣୀ ପାଠ କରିଥିବା ବେଳେ ସମ୍ପାଦକ ବିବେକାନନ୍ଦ ନାୟକ ସ୍ୱାଗତ ଜଣାଇ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଆସନ୍ତା ଫେବୃଆରୀ ୫ ତାରିଖରେ ସଙ୍ଘର ବାର୍ଷିକ ଉତ୍ସବ ଅନୁଷ୍ଠିତ ହେବାପାଇଁ ସ୍ଥିର କରାଯାଇଥିଲା। ଏହି ଉତ୍ସବରେ ଯାଜପୁର ସାଂସଦ ଓ ସ୍ଥାନୀୟ ବିଧାୟକ ଯୋଗଦେବା ପାଇଁ ସ୍ଥିର କରାଯାଇଛି। ଶେଷରେ ବ୍ରଜ କିଶୋର ଦାଶ ଧନ୍ୟବାଦ ଅର୍ପଣ କରିଥିଲେ।

## ପ୍ରଫେସର ଗଗନେନ୍ଦ୍ର ଦାଶଙ୍କ ବିୟୋଗରେ ଶୋକସଭା

ଧର୍ମଶାଳା (ପିଏନ୍): ପ୍ରଖ୍ୟାତ ଭାଷାତତ୍ୱବିତ ଓ ସମାଲୋଚକ ପ୍ରଫେସର ଗଗନେନ୍ଦ୍ର ନାଥଦାଶଙ୍କ ବିୟୋଗରେ ଏକ ଶୋକସଭା ଗୋକର୍ଣ୍ଣିକା ସାହିତ୍ୟ ସମାଜ ଅନୁକୁଳ୍ୟରେ ଜାରକାସ୍ଥିତ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଭାପତି ରମାକାନ୍ତ ଜେନା ଏଥିରେ ସଭାପତିତ୍ୱ କରିଥିଲେ। କିଶ ବିଶ୍ୱ ବିଦ୍ୟାଳୟର ପ୍ରଫେସର ଡ. ବିଜୟ କୁମାର ଶତପଥୀ, ଭଦ୍ରକ କଲେଜ ଇଂରାଜୀ ବିଭାଗ ମୁଖ୍ୟ ଅଧ୍ୟାପକ ସନ୍ତୋଷ କୁମାର ସେଠୀ, ମଧୁପୁର କଲେଜ ଅଧ୍ୟାପକ ଡ. ତୁହିନାଂଶୁ ରଥ ଓ ପ୍ରାକ୍ତନ ସାଧାରଣ ସମ୍ପାଦକ ବଟକୃଷ୍ଣ ପରିଡା ଯୋଗଦେଇ ପ୍ରଫେସର ଦାଶଙ୍କ ବିୟୋଗରେ ଓଡିଆ ସମାଲୋଚନା ସାହିତ୍ୟର ଅପୂରଣୀୟ କ୍ଷତି ଘଟିଲା ବୋଲି ମତପ୍ରକାଶ କରି ଶ୍ରଦ୍ଧାଂଜଳି ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବ୍ରହ୍ମବରଦା କଲେଜ ଅଧ୍ୟକ୍ଷ ମହେଶ୍ୱର ପାଢୀ, ମହିଳା କଲେଜ ଅଧ୍ୟକ୍ଷା ଡ. ଇନ୍ଦୁପ୍ରଭା ସାମଲ, ପଣ୍ଡିତ ବ୍ରଜକିଶୋର ଦାସ, ଆଇନଜୀବୀ ସନ୍ତୋଷ କୁମାର ତରାଇ, ନାରାୟଣ ନନ୍ଦ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

## ଜଗନ୍ନାଥ ସଂସ୍କୃତି ଶୀର୍ଷକ ଆଲୋଚନା ଓ କୈବଲ୍ୟ ଜ୍ୟୋତି ସମ୍ମାନ ପ୍ରଦାନ



କଟକ (ପିଏନ୍): କୈବଲ୍ୟ ସାହିତ୍ୟ ସଂସଦ ତରଫରୁ ଜଗତ କଲ୍ୟାଣ ମହାଯଜ୍ଞ, କୈବଲ୍ୟ ଜ୍ୟୋତି ସମ୍ମାନ ଏବଂ ଜଗନ୍ନାଥ ସଂସ୍କୃତି ଶୀର୍ଷକ ଆଲୋଚନା ଚକ୍ର ଧବଳେଶ୍ୱର ସାରସ୍ୱତ ଆଶ୍ରମ, ଡଙ୍ଗା ଘାଟ ବିଡ଼ାନାସୀଠାରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଅବସରରେ ଧବଳେଶ୍ୱର ସାରସ୍ୱତ ଆଶ୍ରମର ସଭାପତି ମାନସ ଚୈତନ୍ୟ ସ୍ୱାଗତ ଭାଷଣ ପ୍ରଦାନ କରି ଜଗତ କଲ୍ୟାଣ ଯଜ୍ଞର ଆଭିମୁଖ୍ୟ ବର୍ଣ୍ଣନା କରିଥିଲେ। ମୁଖ୍ୟ ଅତିଥି ଭାବେ ସ୍ୱାମୀ ମାଧବ ଚୈତନ୍ୟ ମହାରାଜ ମାନବ କଲ୍ୟାଣ ସମସ୍ତଙ୍କର ଦାୟିତ୍ୱ ବୋଲି ଅତି ସରଳ ଭାବରେ ବ୍ୟାଖ୍ୟା କରିଥିଲେ। ମୁଖ୍ୟ ବକ୍ତାଭାବେ ଡକ୍ଟର ହରିହର କାନୁନଗୋ ମାନବିକ ମୂଲ୍ୟବୋଧ ଜଗନ୍ନାଥ ସଂସ୍କୃତିର ମୂଳ ମନ୍ତ୍ର ବୋଲି ଅଭିହିତ କରିଥିଲେ। ଜଗନ୍ନାଥ ପ୍ରଚାରକ ଲିଙ୍ଗରାଜ ପତି ଜଗନ୍ନାଥ ସଂସ୍କୃତି ମାନବ କଲ୍ୟାଣ ପାଇଁ ଉଦ୍ଦିଷ୍ଟ ବୋଲି ମତବ୍ୟକ୍ତ କରିଥିଲେ। ବୈଦ୍ୟନାଥ ପଣ୍ଡା ଜଗନ୍ନାଥ ବ୍ରହ୍ମାଣ୍ଡର ଜୀବନ୍ତ ଠାକୁର ବୋଲି ତାତ୍ତ୍ୱିକ ଭାବରେ ବର୍ଣ୍ଣନା କରିଥିଲେ। ପୃଷ୍ଠଭୂମିର ସମ୍ପାଦକ କୈଳାସ ଚନ୍ଦ୍ର ଜେନା ଜଗନ୍ନାଥ ଭାବର ଠାକୁର ବୋଲି ମତବ୍ୟକ୍ତ ରଖିଥିଲେ। ସ୍ୱାମୀ ଅଭେଦାନନ୍ଦ ସରସ୍ୱତୀ, ପଣ୍ଡିତ ନୀଳକଣ୍ଠ ରାଉତ, ଗୀତା ଚଇନି, ବିଶ୍ୱଜିତ ସୂର୍ଯ୍ୟବଂଶୀ ସଭାପତି ମହାତ୍ମା ବିଚାର ମଂଚ, କବି ତୋଫାନ ଜେନା, ଅଜୟ କୁମାର ପଣ୍ଡା, ଜଗନ୍ନାଥ ପ୍ରଚାରକ ଶୁଭେନ୍ଦ୍ର ସ୍ୱାଇଁ ବିଶିଷ୍ଟ ସମ୍ମାନିତ ଅତିଥି ଭାବେ ଜଗନ୍ନାଥ ସଂସ୍କୃତି ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଉକ୍ତ ଅବସରରେ ଡକ୍ଟର ହରିହର କାନୁନଗୋ (ଜଗନ୍ନାଥ ଗବେଷକ), ପଣ୍ଡିତ ଦିବାକର ମିଶ୍ର (ଜଗନ୍ନାଥ ପ୍ରଚାରକ), ଡକ୍ଟର ଲକ୍ଷ୍ମଣ ସାହୁ (ସାହିତ୍ୟିକ), ଡକ୍ଟର ସୁନାମଣି ରାଉତ (ଶିଶୁ ସାହିତ୍ୟିକ), ପଣ୍ଡିତ ପ୍ରଦୀପ୍ତ ମହାପାତ୍ର (ଜଗନ୍ନାଥ ପ୍ରଚାରକ), ଶ୍ରୀ ଶ୍ରୀ ମାନସ ଚୈତନ୍ୟ ମହାରାଜ (ଜଗନ୍ନାଥ ପ୍ରଚାରକ), ହରିଦ୍ୱାର ଆଶ୍ରମର ଗୀତାଞ୍ଜଳି ମହାପାତ୍ର (ଜଗନ୍ନାଥ ଓ ସନାତନଧର୍ମ ପ୍ରଚାରକ) ଏବଂ ସମାଜ ସେବୀ ଅଭିମନ୍ୟୁ ଦାସଙ୍କୁ କୈବଲ୍ୟ ଜ୍ୟୋତି ସମ୍ମାନ-୨୦୨୨ ସାହିତ୍ୟ, ସମାଜ ସେବା ଏବଂ ଜଗନ୍ନାଥ ସଂସ୍କୃତି ଗବେଷକ ଏବଂ ପ୍ରଚାରକ ପାଇଁ ପ୍ରଦାନ କରାଯାଇଥିଲା। ଏହି ଜଗତ କଲ୍ୟାଣ ମହାଯଜ୍ଞ କାର୍ଯ୍ୟକ୍ରମରେ ସାହି ବସ୍ତିର ବୁଦ୍ଧିଜୀବୀ, ଅଧିବାସୀ, ସାଧୁ ସନ୍ଥ ବହୁ ମାତ୍ରାରେ ଯୋଗଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସାଗର କୁମାର ସାମନ୍ତରାୟ, ଚିତ୍ତ ରଞ୍ଜନ ମହାନ୍ତି, ସୁକୁମାର ସାମଲ, ନମିତା ମହାନ୍ତି, ସଞ୍ଜୟ କୁମାର ମହାରଣା ଅନୁଷ୍ଠାନ ତରଫରୁ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଉକ୍ତ ଅବସରରେ ଡଃ ନୃସିଂହନନ୍ଦ ମହାପାତ୍ରଙ୍କ ରଚିତ ଆଧ୍ୟାତ୍ମିକ ପୁସ୍ତକ ଦିଗବିଜୟୀ ଆଚାର୍ଯ୍ୟ ଶଙ୍କରଙ୍କ ଯାତ୍ରା ଶୁଭ ଉନ୍ମୋଚିତ ହୋଇଥିଲା। ଅନୁଷ୍ଠାନର ପ୍ରତିଷ୍ଠାତା ସମ୍ପାଦକ ଯୁବ ଆଧ୍ୟାତ୍ମିକ ସମାଜ ସେବକ ଓ ସ୍ତମ୍ଭକାର ଡ.ସଂଗ୍ରାମ କେଶରୀ ସାମନ୍ତରାୟ ସଂପାଦକୀୟ ବିବରଣୀ ପାଠ ପୂର୍ବକ ପାଠ ଧନ୍ୟବାଦ ଅର୍ପଣ କରି ବର୍ତ୍ତମାନର ଯୁବପିଢ଼ି ଆଧ୍ୟାତ୍ମିକ ସମାଜ ସେବାକୁ ଗୁରୁତ୍ୱ ଦେବାକୁ ସମବେତ ଆହ୍ୱାନ ପ୍ରଦାନ କରିଥିଲେ।

## ଦୁର୍ଗା ଦେବୀ ଥିଲେ ନାରୀ ଜାତିର ଆଦର୍ଶ ଓ ସମାଜସେବାର ମୂର୍ତ୍ତିମନ୍ତ ପ୍ରତୀକ



ଭୁବନେଶ୍ୱର (ପିଏନ୍): ବାଙ୍କୀ ପଥୁରୀପଡ଼ାର ପରଲୋକଗତ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋବିନ୍ଦ ଚନ୍ଦ୍ର ମିଶ୍ରଙ୍କ ଧର୍ମପତ୍ନୀ ତଥା କଟକ ଜିଲ୍ଲା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ସଭାପତି କବି ଓ ପ୍ରତିଭାଦୀପ୍ତ ସୁନୀଲ ମିଶ୍ରଙ୍କ ମାତା ଦୁର୍ଗା ଦେବୀଙ୍କ ଦଶାହ ଉପଲକ୍ଷେ ଏକ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା ତାଙ୍କ ନିଜସ୍ୱ ଗ୍ରାମରେ ଅନୁଷ୍ଠିତ ହେଇଯାଇଛି। ଓଡ଼ିଶା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନ ଦ୍ୱାରା ଆୟୋଜିତ ଉକ୍ତ ସ୍ମୃତିଚାରଣ ସଭାରେ ଓଡ଼ିଶାର ବାଲେଶ୍ୱର, ଯାଜପୁର ରୋଡ଼, କଟକ, ବ୍ରହ୍ମପୁର, ବ୍ରହ୍ମଗିରି, ଖୋର୍ଦ୍ଧା, ପୁରୀ, ବାଙ୍କୀ, ପୁରୀ, ବରଗଡ଼, ସମ୍ବଲପୁର ଆଦି ବିଭିନ୍ନ ଅଞ୍ଚଳରୁ ବହୁ ବିଶିଷ୍ଟ ବ୍ୟକ୍ତିମାନେ ଉପସ୍ଥିତ ରହି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଓଡ଼ିଶା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନ ଦ୍ୱାରା ଆୟୋଜିତ ଉକ୍ତ ସଭାରେ ପ୍ରଥମେ ପୁଣ୍ୟଆତ୍ମାଙ୍କ ଫଟୋରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ଦୀପ ଧୂପ ଦାନ, ନୀରବ ପ୍ରାର୍ଥନା, ଓଡ଼ିଶାର ବିଶିଷ୍ଟ ପ୍ରବଚକ ପଣ୍ଡିତ ମୃତ୍ୟୁଞ୍ଜୟ ଶତପଥୀଙ୍କ ଦ୍ୱାରା ବେଦ ପାଠ କରାଯାଇ ସ୍ମରଣିକା (ପୂଜନୀୟା ଦୁର୍ଗାଦେବୀ)କୁ ଅନୁଷ୍ଠାନର ରାଜ୍ୟ ଅଧ୍ୟକ୍ଷ ବରିଷ୍ଠ ସାମ୍ବାଦିକ ବାଗ୍ମୀ ପ୍ରଦ୍ୟୁମ୍ନ ଶତପଥୀ ବରେଣ୍ୟ ଅତିଥି ଭାବେ, ବାଙ୍କୀର ପ୍ରାକ୍ତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ ମୁଖ୍ୟ ଅତିଥି ଓ ଉତ୍କଳ ନ୍ୟାସୀ ମଣ୍ଡଳର ସଭାପତି ସୀତାବଲ୍ଲଭ ମହାପାତ୍ର ସମ୍ମାନିତ ଅତିଥି ଭାବେ ଉନ୍ମୋଚନ କରିବା ସହିତ ଦୁର୍ଗା ଦେବୀ ସମସ୍ତ ମାତୃଶକ୍ତି, ସମାଜସେବାର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ ବୋଲି ମତବ୍ୟକ୍ତ କରିଥିଲେ। ଏହା ସହିତ ପୂଜ୍ୟପୂଜା ହେଉଛି ପାତାଳଭେଦୀ ସଂସ୍କୃତି ବୋଲି ଅନ୍ୟ ଅତିଥି ସମୂହ ସ୍ମୃତିଚାରଣ ଅବସରରେ ମତବ୍ୟକ୍ତ କରିଥିଲେ। ଅନ୍ୟ ଅତିଥିମାନଙ୍କ ମଧ୍ୟରେ ଆଇନଜୀବୀ ଦିଗମ୍ବର ବେହେରା, ଆଲୋକ କୁମାର ପ୍ରଧାନ, କୃଷ୍ଣଚନ୍ଦ୍ର ତ୍ରିପାଠୀ, ସୁରେଶ୍ୱର ବେହେରା, ବ୍ରଜବନ୍ଧୁ ଦାସ, କାମଦେବ ମହାପାତ୍ର, ପୂର୍ବତନ ବ୍ଲକ୍ ଅଧକ୍ଷ କାହ୍ନୁ ସିଂହ, ସରପଞ୍ଚ ସୁରଞ୍ଜନ ପଣ୍ଡା, ପ୍ରଦ୍ୟୁମ୍ନ ସୁବୁଦ୍ଧି, ଅଶୋକ କୁମାର ମିଶ୍ର, ଧନେଶ୍ୱର ବଳିଆରସିଂହ, ପ୍ରାଧ୍ୟାପକ ମନୋଜ ମହାପାତ୍ର, ଗୋବିନ୍ଦ ତ୍ରିପାଠୀ, ଗୀତିକାର ଯୁଧିଷ୍ଠିର ଖୁଣ୍ଟିଆ, ସଦାଶିବ ଦାସ ପ୍ରମୁଖ ସ୍ମୃତିଚାରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଗଦାଧର ତ୍ରିପାଠୀ, କବି କୌଶିକ ନାୟକ, ଅଂଶୁପା ମହାବିଦ୍ୟାଳୟ ଅଧକ୍ଷ ପ୍ରଦୀପ ବେଉରା, ବାଙ୍କୀ କେନ୍ଦ୍ର ସମବାୟ ବ୍ୟାଙ୍କ ସଭାପତି ସୁବାସ ଚନ୍ଦ୍ର ପାଢ଼ୀ, ବାଙ୍କୀ ଏନ୍.ଏ.ସି. ଉପାଧକ୍ଷ ସନ୍ତୋଷ ରଣା, କାଉନ୍‌ସିଲର ସନାତନ ବେହେରା, ବିଜୁ ଜନତା ଦଳ ସଭାପତି ଅନନ୍ତ ଦାସ, ଆଇନଜୀବୀ ଜିତେନ କୁମାର ରଥ, ରଣଜିତ୍ ତ୍ରିପାଠୀ, ଜିଲ୍ଲା ପରିଷଦ ସଭ୍ୟ ଆଶିଷ ସାହୁ ଓ ସଞ୍ଜୟ ପାତ୍ର, ସାମ୍ବାଦିକ ଦେବାଶିଷ ରାଉତ, ଅରବିନ୍ଦ ହରିଚନ୍ଦନ, ଯୁଧିଷ୍ଠିର କୁଣ୍ଡୁ, ବିଭୁ ସାମଲ, ଆଶିଷ ମହାପାତ୍ର, ପ୍ରତାପ ନାୟକ, ରଞ୍ଜିତ ସେଠ୍ ତଥା ଗ୍ରାମବାସୀ ସାହିତ୍ୟିକ, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ସଂଗଠନର ସଦସ୍ୟମାନେ ଉପସ୍ଥିତ ଥିଲେ। ସୀତାବଲ୍ଲଭ ମହାପାତ୍ର ତାଙ୍କ ଭାଷଣରେ କହିଥିଲେ ଏହି ଦିବଙ୍ଗତ ମହିଳାଙ୍କୁ ଯଶସ୍ୱୀ ମାତା, ଯଶସ୍ୱୀ ପତ୍ନୀ ରୂପେ ବର୍ଣ୍ଣନା କରିଥିଲେ। ପ୍ରକାଶ ଥାଉକି, ଏହି ମହୀୟସୀ ମହିଳାଙ୍କ ଗତ ନଭେମ୍ବର ୧୯ ତାରିଖରେ ୮୨ ବର୍ଷ ବୟସରେ ପରଲୋକ ହୋଇଯାଇଛି। ସଂଗଠନର ସଂଯୋଜକ ବାପୁ ଓଝା ଧନ୍ୟବାଦ ପ୍ରଦାନ କରିଥିଲେ ବୋଲି ମୁଖପାତ୍ର ଅରବିନ୍ଦ ତ୍ରିପାଠୀ ଜଣାଇଛନ୍ତି।

## ବଳଦେବ ପାଞ୍ଜି ପ୍ରକାଶନ ପାଇଁ ପ୍ରସ୍ତୁତି ବୈଠକ

କେନ୍ଦ୍ରାପଡ଼ା (ପିଏନ୍): ତୁଳସୀକ୍ଷେତ୍ର କେନ୍ଦ୍ରାପଡାର ଆରାଧ୍ୟ ପ୍ରଭୁ ଶ୍ରୀବଳଦେବଜୀୟୁଙ୍କ ଯାତ୍ରୀ ନିବାସରେ ବଳଦେବଜୀୟୁ ପାଞ୍ଜି ପ୍ରକାଶନ କମିଟିର ଏକ ପ୍ରସ୍ତୁତି ବୈଠକ ଇଣ୍ଟରନେସନାଲ ଏକାଡେମୀ ଅଫ୍ ଇଣ୍ଡିଆନ୍ ଷ୍ଟଡିଜ୍, ଓଡିଶାର ଅଧକ୍ଷ ବରିଷ୍ଠ ସାମ୍ବାଦିକ ଶ୍ରୀରାମ ଦାଶଙ୍କ ଆବାହକତ୍ୱରେ ଏବଂ ପଣ୍ଡିତ ସର୍ବେଶ୍ୱର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଶ୍ରୀଜୀୟୁଙ୍କ ପାଞ୍ଜି ପ୍ରକାଶନ ପାଇଁ ବୈଠକରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନା କରାଯାଇଥିଲା। ଶ୍ରୀଜୀୟୁଙ୍କ ଦେବୋତ୍ତର ନ୍ୟାସର ନିର୍ବାହୀ ଅଧିକାରୀ ବଳଭଦ୍ର ପତ୍ରୀ, ବଡପଣ୍ଡା ମାଧବ ପତ୍ରୀ, ରାଜ୍ୟସଭା ଯୁଗ୍ମ ସଚିବ ଚୌଧୁରୀ ରମାକାନ୍ତ ଦାସ, ଗବେଷକ ନିରଞ୍ଜନ ମେକାପ, ପ୍ରାବନ୍ଧିକ ଡଃ. ସର୍ବେସ୍ୱର ସେଣ, ପଣ୍ଡିତ ଭ୍ରମରବର ନନ୍ଦ, ଶ୍ରମିକ ନେତା ବସନ୍ତ କୁମାର ଦାଶ, ଭରତ ଚରଣ ଦାସ, ପୀତାମ୍ବର ମହାନ୍ତି, ହେମନ୍ତ ଜେନା ପ୍ରମୁଖ ଏହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଚଳିତ ଓଡିଆ ନବବର୍ଷରୁ ଶ୍ରୀବଳଦେବଜୀୟୁଙ୍କ ପାଞ୍ଜି ପ୍ରକାଶନ କରାଯିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା। ଏଥିପାଇଁ ଶ୍ରୀଜୀୟୁଙ୍କ ବଡପଣ୍ଡା ମାଧବ ପତ୍ରୀଙ୍କ ଅଧକ୍ଷତାରେ ସେବକ କମିଟି, ପଣ୍ଡିତ ଭ୍ରମରବର ନନ୍ଦଙ୍କ ଅଧକ୍ଷତାରେ ବୈଷୟିକ ଜ୍ୟୋତିର୍ବିଦ କମିଟି ଏବଂ ଡକ୍ଟର ସର୍ବେଶ୍ୱର ସେଣଙ୍କ ଅଧକ୍ଷତାରେ ଗଠିତ ପ୍ରସାର କମିଟିରେ ଗବେଷକ ନିରଞ୍ଜନ ମେକାପ ଏବଂ ରାଜଶ୍ରୀର ସମ୍ପାଦକ ହେମନ୍ତ ଜେନାଙ୍କୁ ସର୍ବସମ୍ମତି କ୍ରମେ ଚୟନ କରାଯାଇ ସେମାନଙ୍କ ଉପରେ ଦାୟୀତ୍ୱ ନ୍ୟସ୍ତ କରାଯାଇଥିଲା। ଶେଷରେ ଶ୍ରୀ ମେକାପ ଧନ୍ୟବାଦ ଅର୍ପଣ କରିଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

001/2024 16.06.2024

**OFFICE OF THE DIRECTOR**
**SWAPNESWAR SANGEETA KALAPITHA**
At-Sangalaisasan, Po- Gudiapokhari, 752104, Pipili, Puri

Sealed quotations ae invited from Contractors/ sub Contractors/ Individual having PAN Card & Valid documents for Nutritious Food Distribution ( NFD) in Puri and Khurha distict for the year-2024-25. The details are available in the office. The quotations are to be submitted before 24th June 2024 in the office at Sangalaisasan, Po- Gudiapokhari, 752104, Pipili, Puri, Odisha, India.

Sd
**DIRECTOR**
**SWAPNESWAR SANGEETA KALAPITHA**

## ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

## ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଳିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଳିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

